୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.76 Bhubaneswar Saturday April 27 2024 | ୨୬ତମ ବର୍ଷ ସଂଖ୍ୟା-୭୬ ଭୁବନେଶ୍ୱର, ଶନିବାର, ଅପ୍ରେଲ ୨୭, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 (Air Surcharge - 0.50P) | Member-INS

## ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶରେ ନବରଂଗପୁରରେ ବିକାଶ କାମର ହିସାବ ଦେଲେ ଭି କେ ପାଣ୍ଡିଆନ

ଭୁବନେଶ୍ୱର,୨୬।୪(ପି.ଏନ): ବିଜୁ ଜନତା ଦଳର ବରିଷ୍ଠ ନେତା କାର୍ତ୍ତିକ ପାଣ୍ଡିଆନ ଆଜି ନବରଙ୍ଗପୁର ଲୋକସଭା ନିର୍ବାଚନ ମଣ୍ଡଳୀର ଉମରକୋଟ ଓ ଝରିଆଁରେ ନିର୍ବାଚନ ପ୍ରଚାର ଆରମ୍ଭ କରି ଦଳର ଲୋକସଭା ଓ ବିଧାନସଭା ପ୍ରାର୍ଥୀଙ୍କୁ ବିପୁଳ ଭୋଟରେ ଜିତାଇବାକୁ ନିବେଦନ କରିଛନ୍ତି। ବହୁସଂଖ୍ୟାରେ ଆସି ଭୋଟ ଦେଇ ମୁଖ୍ୟମନ୍ତ୍ରୀଙ୍କୁ ଆଶୀର୍ବାଦ କରନ୍ତୁ। ୯୦ ପ୍ରତିଶତ ଭୋଟରେ ଜିତାନ୍ତୁ। ଏହି ସଭାରେ ହଜାର ହଜାର ସଂଖ୍ୟାରେ ଉପସ୍ଥିତ ରହି ଜନସାଧାରଣ ଶ୍ରୀ ପାଣ୍ଡିଆନଙ୍କୁ ଭବ୍ୟ ସ୍ୱାଗତ କରିଥିଲେ। ନିଜ ଭାଷଣରେ କେନ୍ଦ୍ରମନ୍ତ୍ରୀଙ୍କୁ ଲକ୍ଷ୍ୟ କରି ଶ୍ରୀ ପାଣ୍ଡିଆନ କହିଲେ ଯେ ତାଙ୍କର ରାଗ ହେଉଛି ମୁଖ୍ୟମନ୍ତ୍ରୀ ସାଧାରଣ ଲୋକଙ୍କୁ କାହିଁକି ଏତେ ସୁବିଧା ଦେଉଛନ୍ତି। ମା ମାନଙ୍କୁ କାହିଁକି ଏତେ ସୁବିଧା ଦେ ଉଛନ୍ତି। ତେଣୁ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା, ମିସନ ଶକ୍ତି ଆଦି କାର୍ଯ୍ୟକ୍ରମ ବନ୍ଦ କରିବାକୁ ଷଡଯନ୍ତ୍ର କରୁଛନ୍ତି। ମା ମାନଙ୍କ ଦୁବାଇ ଗସ୍ତ ବନ୍ଦ କରିଦେଲେ। ତାଙ୍କୁ ଅନୁରୋଧ ସେ ମା ମାନଙ୍କୁ ବାରମ୍ବାର ଅପମାନିତ ନ କରନ୍ତୁ, ମା ମାନେ ତାଙ୍କୁ ଉଚିତ ଜବାବ ଦେବେ। ଆପଣମାନେ ତାଙ୍କୁ ପ୍ରଶ୍ନ ପଚାରନ୍ତୁ, ସେମାନେ ଉତ୍ତର ଦେଇପାରିବେ ନାହିଁ।ସେ କହିଲେ ଯେ କେନ୍ଦ୍ରମନ୍ତ୍ରୀ ବଡ ବଡ କଥା କହୁଛନ୍ତି। କିନ୍ତୁ ୫ ବର୍ଷ ହେଲା ଶିକ୍ଷାମନ୍ତ୍ରୀ



ହେଲେଣି, ଆପଣଙ୍କ ଅଞ୍ଚଳରେ ଗୋଟିଏ ବି କେନ୍ଦ୍ରୀୟ ବିଦ୍ୟାଳୟ ଖୋଲି ପାରିଲେ ନାହିଁ । ସେ ଚାହିଁଥିଲେ ନବରଙ୍ଗପୁରରେ ତିନି ଚାରିଟି କେନ୍ଦ୍ରୀୟ ବିଦ୍ୟାଳୟ କରିପାରିଥାନ୍ତେ। କିନ୍ତୁ ହୋଇପାରିଲା ନାହିଁ। ଓଡିଶା ସରକାର ୫ଟିରେ ୮୦୦୦ରୁ ଅଧିକ ହାଇସ୍କୁଲର ରୂପାନ୍ତର କରିଛନ୍ତି। ସେ କହିଲେ ଯେ ବିକାଶ ପାଇଁ ଶାନ୍ତି ଦରକାର। ଶାନ୍ତି ଥିଲେ ପ୍ରଗତୀ ଆସେ। ଆମ ମୁଖ୍ୟମନ୍ତ୍ରୀ ଓଡିଶାରେ ଶାନ୍ତି ପ୍ରତିଷ୍ଠା କରିଛନ୍ତି, ତେଣୁ ବିକାଶ ହେଉଛି। ପଡୋଶୀ ରାଜ୍ୟ ଛତିଶଗଡ କଥା ଉଠାଇ ସେ କହିଲେ ଦେଖନ୍ତୁ, ସେଠାରେ ବାରମ୍ବାର ସରକାର ବଦଳୁଛି,କିନ୍ତୁ ଶାନ୍ତି ନାହିଁ।ଆମ ମୁଖ୍ୟମନ୍ତ୍ରୀ ଜନଜାତିଙ୍କୁ ବହୁତ ଭଲ ପାଆନ୍ତି, ସମ୍ମାନ କରନ୍ତି,ଜନଜାତି ଭାଷା ସଂସ୍କୃତି ଓ ପୂଜାସ୍ଥଳୀର ଉନ୍ନତି ପାଇଁ କୋଉ ରାଜ୍ୟ ବି ଚିନ୍ତା କରିନାହିଁ । ଜନଜାତିଙ୍କ କଳା ସଂସ୍କୃତିର ସୁରକ୍ଷା ପାଇଁ ସ୍ୱତନ୍ତ୍ର ଉନ୍ନୟନ ପରିଷଦ ଗଠନ କରିଛନ୍ତି। ଏଥିରେ ଜନଜାତିଙ୍କ ଭାଷା, କଳା, ସଂସ୍କୃତି, ପୂଜାସ୍ଥଳୀ, ଜାହିରା ଆଦିର ବିକାଶ କରାଯାଉଛି। ଜନଜାତି ଭାଇଙ୍କ ସୁବିଧା ପାଇଁ ୫୦ ହଜାର ଛୋଟ ଛୋଟ କେସ୍ ରଦ୍ଦ କରିବା ପାଇଁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି ବୋଲି ସେ କହିଥିଲେ। ଆପଣାନେ ଆଉ ହଇରାଣ ହେବେ ନାହିଁ। କୋର୍ଟ କଚେରୀ ଦୌଡିବାକୁ ପଡିବ ନାହିଁ। ଜୀବିକା ପାଇଁ ଜଙ୍ଗଲ ଉପରେ ଆପଣମାନେ ନିର୍ଭର କରନ୍ତି । ଆପଣ ସଂଗ୍ରହ କରିଥିବା ଜିନିଷକୁ କମ୍ ଦାମରେ ବିକନ୍ତି। କିଛି ଲାଭ ପାଆନ୍ତି ନାହିଁ । ତେଣୁ ମୁଖ୍ୟମନ୍ତ୍ରୀ ଆପଣଙ୍କ ପାଇଁ କରିଛନ୍ତି ଲାଭ ଯୋଜନା। ଏଥିରେ ସରକାର ଆପଣଙ୍କ ଜିନିଷ ଠିକ୍ ଦାମ ଦେଇ କିଣିନେବେ। ଆପଣଙ୍କୁ ଆଉ କେହି ଠକି ପାରିବେ ନାହିଁ।

## ମନ୍ତ୍ରୀ ଟୁକୁନି ସାହୁଙ୍କ ପାଇଁ ଅଟକିଛି 'ପଦ୍ମପୁର' ଜିଲ୍ଲା ମାନ୍ୟତା !

ଭୁବନେଶ୍ୱର,୨୬।୪(ପି.ଏନ): ପଦ୍ମପୁର କାହିଁକି ଜିଲ୍ଲା ହେଲାନାହିଁ ଉପନିର୍ବାଚନ ସମୟରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ପ୍ରତିଶ୍ରୁତି ସତ୍ତ୍ୱେ କାହିଁକି ପଦ୍ମପୁରକୁ ଜିଲ୍ଲା ମାନ୍ୟତା ମିଳିଲାନି ? ଏସବୁ ନାନା ଚର୍ଚ୍ଚା ଭିତରେ ନିର୍ବାଚନୀ ସଭାରେ କହୁ କହୁ ସାଙ୍ଘାତିକ କଥା କହିଦେଲେ ମନ୍ତ୍ରୀ ଟୁକୁନି ସାହୁ। ଜିଲ୍ଲା ଘୋଷଣାକୁ ସେ ଅଟକାଇ ଥିଲେ ବୋଲି କହିଛନ୍ତି। ଯାହାର ଭିଡିଓ ଏବେ ସୋଶାଲ୍ ମିଡିଆରେ ଭାଇରାଲ୍ ହେଉଛି। ଭାଇରାଲ୍ ହେଉଥିବା ଭିଡିଓଟି ଦୁଇ ଦିନ ତଳର। ଟିଟିଲାଗଡରେ ଆୟୋଜିତ ବରିଷ୍ଠ ନାଗରିକ ସମ୍ବର୍ଦ୍ଧନା ସଭାରେ ମନ୍ତ୍ରୀ ଟୁକୁନି ସାହୁ କହିଛନ୍ତି, ଯେଉଁମାନେ କହୁଛନ୍ତି, ଟୁକୁନି ସାହୁ ଜିଲ୍ଲା କରିପାରିଲେ ନାହିଁ, ମୁଁ ସେମାନଙ୍କୁ



ଗୋଟିଏ କଥା ପଚାରୁଛି, ଓଡିଶାରେ ଜିଲ୍ଲା ଯଦି ହୋଇଥାଆନ୍ତା, ବୋଧହୁଏ ସେଦିନ ଇସ୍ତଫା ଦେଇଥାଆନ୍ତି। ସେ ଭାବନା ମୋ' ମନ ଭିତରେ ଥିଲା। ମୁଁ ଭାବିଥିଲି ଯଦି ପଦ୍ମପୁର ଜିଲ୍ଲା ହେବ, ଆଉ ଟିଟିଲାଗଡ ଜିଲ୍ଲା ଘୋଷଣା ନହେବ, ତାହାହେଲେ ମୁଁ ସିଧା ଯାଇ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ପାଖରେ ଇସ୍ତଫା ଦେଇଦେବି। କିନ୍ତୁ ସେ କଥା ମୁଖ୍ୟମନ୍ତ୍ରୀ କରିବାକୁ ଦେଲେନି। ଟିଟିଲାଗଡ ଜିଲ୍ଲା ହେଲେ ଆଗଧାଡିରେ ନାଁ ରହିବ। ଏକଥା ମୁଁ ଆପଣମାନଙ୍କ ଆଗରେ ଉପସ୍ଥାପନ କରୁଛି ବୋଲି ଟୁକୁନି ସାହୁ କହିଛନ୍ତି।

## ଓଡିଶାର ପ୍ରଥମ ପର୍ଯ୍ୟାୟ ନିର୍ବାଚନ: ୪ଟି ଲୋକସଭାରୁ ୭୫ ପ୍ରାର୍ଥୀ, ୨୮ଟି ବିଧାନସଭା ଆସନରେ ୪୮୩ ପ୍ରାର୍ଥୀଙ୍କ ନାମାଙ୍କନ

ଭୁବନେଶ୍ୱର,୨୬।୪(ପି.ଏନ): ଓଡିଶାର ପ୍ରଥମ ପର୍ଯ୍ୟାୟ ନିର୍ବାଚନ ପାଇଁ ନାମାଙ୍କନ ପତ୍ର ଦାଖଲ ହୋଇଯାଇଛି । ଏହି ପ୍ରକ୍ରିୟାରେ ରାଜ୍ୟର ୪ଟି ଲୋକସଭା ଆସନ ପାଇଁ କ୍ଷମୋଟ ୩୯ ଜଣ ପ୍ରାର୍ଥୀ ନାମାଙ୍କନ ପତ୍ର ଦାଖଲ କରିଛନ୍ତି । କଳାହାଣ୍ଡି ସଂସଦୀୟ କ୍ଷେତ୍ର ପାଇଁ ୧୧ ଜଣ ପ୍ରାର୍ଥୀ ନାମାଙ୍କନ ଭରିଥିବା ବେଳେ କୋରାପୁଟ ପାଇଁ ୧୩ ଜଣ ପ୍ରାର୍ଥୀ ନିର୍ବାଚନ ମଇଦାନକୁ ଓହ୍ଲାଇଛନ୍ତି । ସେହିପରି ବ୍ରହ୍ମପୁର ସଂସଦୀୟ କ୍ଷେତ୍ର ପାଇଁ ୧୧ ଜଣଙ୍କ ତରଫରୁ ନାମାଙ୍କନ ପତ୍ର ଦାଖଲ କରାଯାଇଛି । ନବରଙ୍ଗପୁର ସଂସଦୀୟ କ୍ଷେତ୍ରରୁ ମୋଟ ୪ ଜଣ ପ୍ରାର୍ଥୀ ନିର୍ବାଚନ ପାଇଁ ନାମାଙ୍କନ କରିଛନ୍ତି । ଅନ୍ୟ ପକ୍ଷରେ



୨୮ଟି ବିଧାନସଭା ଆସନରୁ ୨୬୬ ଜଣ ପ୍ରାର୍ଥୀ ନାମାଙ୍କନ ପତ୍ର ଦାଖଲ କରିଛନ୍ତି । ତେବେ ତାଲିକାରେ ବ୍ରହ୍ମପୁରରୁ ସର୍ବାଧିକ ୨୦ ଜଣ ପ୍ରାର୍ଥୀ ନାମାଙ୍କନ ଭରିଛନ୍ତି । ଏହାବ୍ୟତୀତ ଦିଗପହଣ୍ଡିରୁ ୧୪ ଜଣ ପ୍ରାର୍ଥୀ ନାମାଙ୍କନ ପତ୍ର ଦାଖଲ କରିଥିବା ବେଳେ ଗୁଣୁପୁର ଏବଂ କୋରାପୁଟ ଆସନରୁ ମଧ ୧୪ ଜଣ ଲେଖାଏଁ ପ୍ରାର୍ଥୀଙ୍କ ନାମାଙ୍କନ ପତ୍ର ଦାଖଲ ହୋଇଛି । ସେହିପରି ଜୟପୁର ଓ ନର୍ଲା ଆସନରୁ ୧୨ ଜଣ ଲେକାଏଁ ନାମାଙ୍କନ ଭରିଥିବା ଜଣାଯାଇଛି ।

## ଆସନ୍ତା ୨୮ ତାରିଖରେ ଓଡିଶା ଆସିବେ ଜେ.ପି ନଡ୍ଡା, ସୂଚନା ଦେଲେ ବିଜେପି ନେତା ସମୀର ମହାନ୍ତି

ଭୁବନେଶ୍ୱର,୨୬।୪(ପି.ଏନ): ଦେଶରେ ସାଧାରଣ ନିର୍ବାଚନ ଚାଲୁଥିବା ବେଳେ ଆସନ୍ତା ୨୮ ତାରିଖରେ ଓଡିଶା ଆସୁଛନ୍ତି ବିଜେପି ରାଷ୍ଟ୍ରୀୟ ସଭାପତି ଜେ.ପି ନଡ୍ଡା । ୨୮ରେ ଦିନିକିଆ ଓଡିଶା ଗସ୍ତରେ ଆସୁଛନ୍ତି ଜେ.ପି ନଡ୍ଡା । ବ୍ରହ୍ମପୁରରେ ସାଧାରଣ ସଭାକୁ ସମ୍ବୋଧିତ କରିବେ ନଡ୍ଡା । ସେ ବ୍ରହ୍ମପୁରରୁ ନବରଙ୍ଗପୁର ଯାଇ କାର୍ଯ୍ୟକର୍ତ୍ତାଙ୍କୁ ଭେଟିବେ । ନଡ୍ଡାଙ୍କ ଗସ୍ତକୁ ନେଇ ବିଜେପି ନେତା ସମୀର ମହାନ୍ତି ସୂଚନା ଦେଇଛନ୍ତି ।

## ଜଣେ ମହିଳା ଓ ୧ ବର୍ଷର ଶିଶୁଙ୍କୁ ବୀଭତ୍ସ ହତ୍ୟା, ଦେଢଶୁର ମାରିଥିବା ଅଭିଯୋଗ

କୁଚିଣ୍ଡା,୨୬।୪(ପି.ଏନ): ଦଲକିବାହାଲ ଗାଁରେ ଏକ ବୀଭତ୍ସ ହତ୍ୟାକାଣ୍ଡ ଘଟିବା ଖବର ସାମ୍ନାକୁ ଆସିଛି । ଏଥିରେ ଜଣେ ମହିଳା ଓ ୧ ବର୍ଷର ଶିଶୁକୁ ହତ୍ୟା କରାଯାଇଛି । ମହିଳାଙ୍କ ଦେଢଶୁର ମାଆ-ଶିଶୁଙ୍କୁ ହତ୍ୟା କରିଥିବା ଅଭିଯୋଗ ହୋଇଛି । ଏମାନଙ୍କୁ କୁରାଢିରେ ନିର୍ମମ ଭାବେ ହାଣି ହତ୍ୟା କରାଯାଇଛି । ଏପର୍ଯ୍ୟନ୍ତ ହତ୍ୟାକାଣ୍ଡର କାରଣ ଅସ୍ପଷ୍ଟ ରହିଛି । ହତ୍ୟାକରି ଅଭିଯୁକ୍ତ ଫେରାର ରହିଛି । ଗିବିନ୍ଦପୁର ଥାନା ଗଡପୋଷ ଫାଣ୍ଡି ଅଞ୍ଚଳରେ ଏହି ବୀଭତ୍ସ ହତ୍ୟାକାଣ୍ଡ ଘଟିଥିବା ଜଣାପଡିଛି । ଘଟଣାସ୍ଥଳରେ ଗୋବିନ୍ଦପୁର ପୋଲିସ ପହଁଚି ଛାନଭିନ ଆରମ୍ଭ କରିଛି । ଫେରାର ଥିବା ଅଭିଯୁକ୍ତଙ୍କୁ ଖୋଜାଖୋଜି ଚାଲିଛି ।

## ନକ୍ସଲଙ୍କ ମୃତଦେହ ନେବା ପାଇଁ ଆସିଲେନି ପରିବାର ଲୋକ !

ଭୁବନେଶ୍ୱର,୨୬।୪(ପି.ଏନ): ବୌଦ୍ଧ-କନ୍ଧମାଳ ସୀମାନ୍ତ ଜଙ୍ଗଲରେ ହୋଇଥିବା ଏନ୍‌କାଉଣ୍ଟରରେ ୨ ନକ୍ସଲ ମୃତ୍ୟୁ ହୋଇଥିଲା। ହେଲେ ମୃତଦେହ ନେବା ପାଇଁ ଆଜି ଆସିଲେନି ପରିବାର ଲୋକ। ଯେଉଁଥିପାଇଁ ନକ୍ସଲଙ୍କ ମୃତଦେହ ସଦର ମହକୁମାରେ ଶବାଗାରରେ ରଖାଯାଇଛି। ୩ ଦିନ ପରେ ସରକାରୀ ନିୟମ ଅନୁସାରେ ସତ୍କାର କରାଯିବ ବୋଲି ଜଣାପଡିଛି।କନ୍ଧମାଳ ଥାନା ପଡେଲ ଜଙ୍ଗଲରେ କକଇଘ ନକ୍ସଲ ଗ୍ରୁପର ଗତିବିଧି ରହିଥିଲା। ୫୦ରୁ ୬୦ ନକ୍ସଲ ଏକାଠି ହୋଇଥିଲେ। ବିଶେଷ ସୂତ୍ରରୁ ଖବର ପାଇଁ ଏସ୍‌ପିଙ୍କ ନିର୍ଦ୍ଦେଶରେ DVF, BSF ଓ SOG ଯବାନମାନେ ଗୁରୁବାର ଭୋରୁ ଭୋରୁ ଉକ୍ତ ଜଙ୍ଗଲରେ ସର୍ଚ୍ଚ ଅପରେସନ୍ କରିଥିଲେ। ନକ୍ସଲମାନେ ଯବାନଙ୍କୁ ଦେଖି



ପ୍ରଥମେ ଗୁଳି ଚଳାଇଥିଲେ। ଏହାର ଜବାବ ଦେଇଥିଲେ ଯବାନ। ଦୀର୍ଘ ଦୁଇ ଘଣ୍ଟାରୁ ଅଧିକ ସମୟ ଧରି ଚାଲିଲା ଗୁଳିବିନିମୟ। ଏହି ଗୁଳି ବିନିମୟରେ ଦୁଇ ଜଣ ନକ୍ସଲଙ୍କ ମୃତ୍ୟୁ ଘଟିଥିଲା। ମୃତ ଦୁଇ ନକ୍ସଲ ହେଲେ ଛତିଶଗଡ ସୁକୁମା ଅଞ୍ଚଳର ସୁନୀଲ ଓ ବିଜପୁରର ସନ୍ତୁ। ଏହାଛଡା ଅନେକ ନକ୍ସଲ ଗୁରୁତର ଆହତ ହୋଇଥିଲେ।

## ଦ୍ୱିତୀୟ ପର୍ଯ୍ୟାୟରେ ୬୦%ରୁ ଅଧିକ ଭୋଟିଂ, ୧୨୦୬ ଜଣ ପ୍ରାର୍ଥୀଙ୍କ ଭାଗ୍ୟ ସିଲ୍

ଭୁବନେଶ୍ୱର,୨୬।୪(ପି.ଏନ): ଦେଶରେ ଚାଲିଥିବା ସାଧାରଣ ନିର୍ବାଚନର ଦ୍ୱିତୀୟ ପର୍ଯ୍ୟାୟ ଭୋଟିଂ ଶେଷ ହୋଇଛି। କାଁ ଭାଁ ହିଂସା ଓ ଇଭିଏମ ଟ୍ୟାମ୍ପରିଂ ଅଭିଯୋଗକୁ ଛାଡି ଦ୍ୱିତୀୟ ପର୍ଯ୍ୟାୟ ଭୋଟିଂ ବେଶ ଶାନ୍ତିଶୃଙ୍ଖଳାର ସହ ଶେଷ ହୋଇଛି। ଏଥିସହ ୧୨୦୬ ଜଣଙ୍କ ଭାଗ୍ୟ ଇଭିଏମରେ ସିଲ ହୋଇଯାଇଛି। ଏମାନଙ୍କ ମଧ୍ୟରେ କଂଗ୍ରେସ ସାଂସଦ ରାହୁଲ ଗାନ୍ଧି ଓ ବିଜେପି ସାଂସଦ ହେମା ମାଳିନୀ ରହିଛନ୍ତି। ଏମାନଙ୍କ ବ୍ୟତୀତ ଶଶି ଥରୁର, ଅରୁଣ ଗୋଭିଲ ଓ ଓମ ବିର୍ଲା ପ୍ରମୁଖଙ୍କ ଭାଗ୍ୟ ମଧ ଇଭିଏମରେ ସିଲ ହୋଇଛି। ଦ୍ୱିତୀୟ ପର୍ଯ୍ୟାୟରେ ୬୦%ରୁ ଅଧିକ ଲୋକ ସେମାନଙ୍କ ମିତାଧିକାର ସାବ୍ୟସ୍ତ



କରିଛି। କ୍ରିକେଟ ଷ୍ଟାର ରାହୁଲ ଡ୍ରାଭିଡଙ୍କ ଠାରୁ ଆରମ୍ଭ କରି ଅନୀଲ କୁମ୍ବଲେ ଓ ମହମ୍ମଦ ଶାମି ପ୍ରମୁଖ ନିଜ ନିଜର ପସନ୍ଦର ପ୍ରାର୍ଥୀଙ୍କୁ ଆଜି ଭୋଟ ଦେଇଛନ୍ତି।ନିର୍ବାଚନ କମିଶନଙ୍କ ସୂଚନା ଅନୁସାରେ, ସନ୍ଧ୍ୟା ୬ଟା ସୁଦ୍ଧା ୧୩ ରାଜ୍ୟର ୮୮ ଲୋକସଭା ଆସନରେ ୬୧.୮% ଭୋଟିଂ ହୋଇଛି। ଏବେ ବି ବିଭିନ୍ନ ସ୍ଥାନରୁ ଭୋଟିଂ ରେକର୍ଡ ମିଳିନାହିଁ। ତେଣୁ ଆଗକୁ ଭୋଟିଂ ହାର ବୃଦ୍ଧି ପାଇବପରେ।

## ବାଇକରେ ଯାଉଥିଲେ ଧକ୍କା ଦେଲା ଟ୍ରକ, ଚାଲିଗଲା ୩ ଜଣଙ୍କ ପ୍ରାଣ

ସୁନ୍ଦରଗଡ,୨୬।୪(ପି.ଏନ): ସକାଳୁ ସକାଳୁ ସୁନ୍ଦରଗଡରୁ ଏକ ମର୍ମନ୍ତୁଦ ଦୁର୍ଘଟଣା ଖବର ସାମ୍ନାକୁ ଆସିଛି । ଏହି ଦୁର୍ଘଟଣାରେ ୩ଜଣ ବାଇକ ଆରୋହୀଙ୍କର ମୃତ୍ୟୁ ଘଟିଛି । ଦୁର୍ଘଟଣା ପରେ ସ୍ଥାନୀୟ ବାସିନ୍ଦା ଉତ୍ତେଜନା ସୃଷ୍ଟି କରିଛନ୍ତି । ଘଟଣାସ୍ଥଳରେ ରାସ୍ତା ଅବରୋଧ କଲେ ଉତ୍ତ୍ୟକ୍ତ ଜନତା ସୂଚନାନୁଯାୟୀ, ସୁନ୍ଦରଗଡର ଦର୍ଲିପାଲ ଅଞ୍ଚଳରେ ଏହି ମର୍ମନ୍ତୁଦ ଦୁର୍ଘଟଣା ଘଟିଛି । ବାଇକରେ ୩ଜଣ ଯାଉଥିବା ବେଳେ ଟ୍ରକଟି ଧକ୍କା ଦେଇଥିଲା । ଫଳରେ ୩ଜଣଙ୍କର ମୃତ୍ୟୁ ଘଟିଛି । ଏନଟିପିସ ପାୱାର ପ୍ଲାଣ୍ଟ କଲୋନୀ ସାମ୍ନାରେ ଏହି ଦୁର୍ଘଟଣାଟି ଘଟିଛି । ଦୁର୍ଘଟଣା ପରେ ଘଟଣାସ୍ଥଳରେ ଉତ୍ତେଜନା ସୃଷ୍ଟି ହୋଇଛି । ତିନିଜଣ ବାଇକ ଆରୋହୀଙ୍କ ମୃତ୍ୟୁକୁ ନେଇ ଉତ୍ତ୍ୟକ୍ତ ଲୋକେ ରାସ୍ତା ଅବରୋଧ କରିଛନ୍ତି ।

## ୪ ଦିନ ନିଆଁ ବର୍ଷା ! ଏହି ସବୁ ଜିଲ୍ଲାକୁ ରେଡ୍ ୱାର୍ଣ୍ଣିଂ

ଭୁବନେଶ୍ୱର,୨୬।୪(ପି.ଏନ): ଭୟଙ୍କର ହେଉଛି ତାତି। ତା' ସାଙ୍ଗକୁ ଗୁଳୁଗୁଳି। ନା ଘରୁ ବାହାରି ହେଉଛି ନା ଘରେ ବସି ହେଉଛି। ଯେଉଁଥିପାଇଁ ଜୀବନଯାତ୍ରା ଏକ ପ୍ରକାର ଅସ୍ତବ୍ୟସ୍ତ କରିଦେଇଛି। ଆଜି ପରି ଆଗାମୀ ୪ ଦିନ ପର୍ଯ୍ୟନ୍ତ ରାଜ୍ୟରେ ଅଧିକାଂଶ ଜିଲ୍ଲାରେ ଏପରି ଭୟଙ୍କର ତାତି ଦେଖିବାକୁ ମିଳିବ। ସେଥିପାଇଁ ରେଡ୍ ୱାର୍ଣ୍ଣିଂ କରିଛି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର। ସକାଳ ୧୧ରୁ ଅପରାହ୍ନ ୩ଟା ଭିତରେ ଘରୁ ବାହାରିଲେ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରିବାକୁ ପରାମର୍ଶ ଦେଇଛନ୍ତି ପାଣିପାଗ ବିଭାଗ। ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ଜାରି କରିଥିବା ବୁଲେଟିନ୍ ? ଅନୁସାରେ ଶନିବାର ଝାରସୁଗୁଡା, ସୁନ୍ଦରଗଡ, କେନ୍ଦୁଝର, ବୌଦ୍ଧ, ଅନୁଗୋଳ, ଢେଙ୍କାନାଳ, ମୟୂରଭଞ୍ଜ, ବାଲେଶ୍ୱର, ଭଦ୍ରକ, କେନ୍ଦ୍ରାପଡା ଜିଲ୍ଲାରେ ଭୟଙ୍କର ଗ୍ରୀଷ୍ମ



ପ୍ରବାହ ଜାରି ହେବ। ସେଥିପାଇଁ ରେଡ୍ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିପରି ଜଗତସିଂହପୁର, ଯାଜପୁର, କଟକ, ଖୋର୍ଦ୍ଧା, ନୟାଗଡ, ଗଞ୍ଜାମ, ଗଜପତି, କନ୍ଧମାଳ, ରାୟଗଡା, କଳାହାଣ୍ଡି, ମାଲକାନଗିରି, ନବରଙ୍ଗପୁର, ବଲାଙ୍ଗିର, ସୋନପୁର, ବରଗଡ, ସମ୍ବଲପୁର ଓ ଦେବଗଡ ଜିଲ୍ଲାରେ ପ୍ରବଳ ଗ୍ରୀଷ୍ମ ପ୍ରବାହ ଜାରି ହେବ। ସେଥିପାଇଁ ଅରେଞ୍ଜ ୱାର୍ଣ୍ଣିଂ ଜାରି କରାଯାଇଛି।ଏହାଛଡା ପୁରୀ ଓ କୋରାପୁଟ ଜିଲ୍ଲାରେ ମଧ ଗ୍ରୀଷ୍ମ ପ୍ରବାହଜାରି ହେବାର ସମ୍ଭାବନା ରହିଛି। ସେଥିପାଇଁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି। ତାପମାତ୍ରା ୪୫ ଡିଗ୍ରୀ କିମ୍ବା ତା'ଠାରୁ ଅଧିକ ରେକର୍ଡ ହୋଇପାରେ। ସେହି ସବୁ ସହର ଗୁଡିକ ହେଲା ବାରିପଦା, ନୂଆପଡା, ବଲାଙ୍ଗିର, ଟିଟିଲାଗଡ, ଝାରସୁଗୁଡା ଓ ବୌଦ୍ଧ।

## କାଙ୍କେରରେ ନିର୍ବାଚନ ବର୍ଜନ ନେଇ ମାଓ ବ୍ୟାନର ଉଡିଲା

ମାଲକାନଗିରି,୨୬।୪(ପି.ଏନ): ସୀମାନ୍ତ ଛତିଶଗଡରେ ଶୁକ୍ରବାର ଦ୍ୱିତୀୟ ପର୍ଯ୍ୟାୟ ନିର୍ବାଚନ। କାଂକେର ନିର୍ବାଚନ ମଣ୍ଡଳୀରେ ଆଜି ଲୋକସଭା ନିର୍ବାଚନ ହେଉଥିବାରୁ ଏହା ପୂର୍ବରୁ କାଂକେର ଜିଲ୍ଲା ସମେତ ପୁଙ୍ଖାଜୁର ଜିଲ୍ଲାରେ ନିର୍ବାଚନ ବର୍ଜନ ନେଇ ମାଓବାଦୀ ବିଭିନ୍ନ ସ୍ଥାନରେ ବ୍ୟାନର ଉଡାଇଛନ୍ତି। ଲୋକଙ୍କୁ ଭୟଭୀତ କରାଇବା ପାଇଁ ଭୋଟ ବର୍ଜନ ନକଲେ ଦଣ୍ଡନେଇ ମଧ ଚେତାବନୀ ଦେଇଛନ୍ତି। ଦୁର୍ଗମ ଗ୍ରାମଗୁଡିକରେ ଲୋକେ ଆତଙ୍କିତ ରହିଥିଲେ ମଧ ସୁରକ୍ଷା ବ୍ୟବସ୍ଥାକୁ କଡାକଡି କରାଯାଇଛି। ଲୋକେ ନିଜ ଅଂଚଳରେ ବୁଥ ହୋଇଥିବାରୁ ଭରପୁର ଭୋଟ ଦେଉଛନ୍ତି। କଡା ସୁରକ୍ଷାରେ ଭୋଟ ଗ୍ରହଣ କରାଯାଉଥିବା ଜଣାପଡିଛି। ସେହିପରି ଦୁର୍ଗମ ଅଂଚଳକୁ ହେଲିକେପ୍ଟର ବ୍ୟବହାର କରାଯାଉଛି।



ପୁଲିଂ ଅଧିକାରୀମାନେ ସୁରକ୍ଷିତ ଭାବେ ଯେପରି ଭୋଟ ଗ୍ରହଣ କରିବା ପରେ ଇଭିଏମକୁ ଜିଲ୍ଲା ସଦର ମହକୁମାରେ ପହଞ୍ଚାଇବେ ସେନେଇ ସମସ୍ତ ସୁବିଧା କରାଯାଇଛି। ମାଓବାଦୀ ଗତ ୧୬ରେ କାଂକେର ଜିଲ୍ଲାରେ ଘଟିଥିବା ବଡଧରଣର ସୁରକ୍ଷାକର୍ମୀଙ୍କ ହମଲାରେ ଏକ ପ୍ରକାର ଦୁର୍ବଳ ଏବଂ ଘାଇଲା ବାଘ ଭଳି ହୋଇଛନ୍ତି। ତେଣୁ ଲୋକଙ୍କୁ ସେମାନଙ୍କ ଆଡକୁ ପୁଣି ମୁହାଇଁବାକୁ ଚେଷ୍ଟା କରୁଥିବା ପୁଲିସ କହିଛି। ଗତ ଦୁଇ ଦିନ ତଳେ ଏହି ଅଂଚଳରେ ଜଣେ ଗ୍ରାମବାସୀଙ୍କୁ ହତ୍ୟା କରି ଆତଙ୍କିତ ପରିବେଶ ସୃଷ୍ଟି କରିଛନ୍ତି।ବ୍ୟାନର ଟାଙ୍ଗି ନକ୍ସଲ ନିଜର ଉପସ୍ଥିତି ଜାହିର କରୁଛନ୍ତି।

## ପୁଲିସ ଅଧିକାରୀଙ୍କ ନାମରେ ସିଇଓଙ୍କ ନିକଟରେ ଫେରାଦ ହେଲେ ଗ୍ରାମବାସୀ

ଭୁବନେଶ୍ୱର,୨୬।୪(ପି.ଏନ): କେନ୍ଦୁଝର ଜିଲ୍ଲା ଆନନ୍ଦପୁର ଏସ୍‌ଡିପିଓଙ୍କ ନାମରେ ମୁଖ୍ୟ ନିର୍ବାଚନ ଅଧିକାରୀ (ସିଇଓ)ଙ୍କ ନିକଟରେ ଫେରାଦ ହେଲେ ରାମଚନ୍ଦ୍ରପୁର ସାଲଦେଇ ଗ୍ରାମର ବାସିନ୍ଦା। ଗ୍ରାମବାସୀ ଏସ୍‌ଡିପିଓ ପ୍ରଶାନ୍ତ ବେହେରାଙ୍କନାମରେ ଅଭିଯୋଗ ଆଣିଛନ୍ତି।ସୂଚନା ଅନୁସାରେ ମଲ୍ଲି ଜେନା ନାମକ ଜଣେ ମହିଳା ବାଲିଘାଟକୁ ନେଇ ହୋଇଥିବା ଝଗଡାରେ ଆକ୍ରମଣର ଶିକାର ହୋଇ ମୃତ୍ୟୁବରଣ କରିଥିଲେ। ଉକ୍ତ ମାମଲାରେ ଅଭିଯୁକ୍ତମାନେ ଗିରଫ ହୋଇ ଏବେବି ଜେଲରେ ଅଛନ୍ତି। ସେହି ମାମଲାକୁ ରଫାଦଫା କରିବା



ପାଇଁ ଓ ଶାସକ ଦଳକୁ ସାହାଯ୍ୟ କରିବା ପାଇଁ ଆନନ୍ଦପୁର ଏସ୍ ?ଡିପିଓ ଶ୍ରୀ ବେହେରା ଚାପ ପ୍ରୟୋଗ କରୁଥିବା ନେଇ ଅଭିଯୋଗ ହୋଇଛି। ପରିବାର ଲୋକ ଏଥିରେ ରାଜି ନହେବାରୁ ପରବର୍ତ୍ତୀ ସମୟରେ ଗତ ୨୪ ତାରିଖରେ ହୋଇଥିବା ଏକ ସାମାନ୍ୟ ଗଣ୍ଡଗୋଳ ଘଟଣାରେ ଏସ୍‌ଡିପିଓ କିଛି ଅନୁସୂଚିତ ଜାତି ସଂପ୍ରଦାୟର ଲୋକଙ୍କୁ ପ୍ରବର୍ତ୍ତାଇଲେ ମଲ୍ଲି ଜେନା ପରିବାର ଲୋକଙ୍କ ନାଁରେ କେସ୍ ଦେବା ପାଇଁ।ମାମଲା ରୁଜୁ ହେଲା ପରେ ପୁଲିସ କୌଣସି ତଦନ୍ତ ନକରି ଉଦ୍ଦେଶମୂଳକ ଭାବେ ପରିବାର ଲୋକଙ୍କୁ ଗିରଫ କରି କୋର୍ଟଚାଲାଣ କରିଥିବା ନେଇ ଅଭିଯୋଗ ହୋଇଛି। ଏଭଳି ଅଫିସରଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବାକୁ ମୁଖ୍ୟ ନିର୍ବାଚନ କମିସନଙ୍କ ନିକଟରେ ଅଭିଯୋଗ କରିଛନ୍ତି ପରିବାର ଲୋକ।








# ଟି ଟାଇମ୍

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ଭାଇଜାନ୍‌ଙ୍କ ଚମକ



୫୧ ବର୍ଷରେ ପାଦ ଦେଇଛନ୍ତି ଦବଙ୍ଗ ଷ୍ଟାର୍ ସଲମନ୍ ଖାଁ। କନ୍ତୁ ସଲ୍ଲୁଙ୍କ କ୍ରେଜ୍ ଏବେବି କମିନି। ବୟସ ୫୧ ଛୁଇଁଲେ ବି ତାଙ୍କର ପ୍ରତିଟି ନୂଆ ଫିଲ୍ମ ଦର୍ଶକଙ୍କୁ ଦେଇଛି ନୂଆ ଟେଷ୍ଟ ଆଉ ବକ୍ସ ଅଫିସରେ କରିଛି ନୂଆ ରେକର୍ଡ। ବୟସ ସହିତ ତାଳଦେଇ ବଢ଼ିଚାଲିଛି ଦବଙ୍ଗ୍ ଷ୍ଟାରଙ୍କ କ୍ରେଜ୍। ‘ବିବି ହୋ ଐସି’ରୁ କ୍ୟାରିଅର୍ ଆରମ୍ଭ କରିଥିବା ସଲ୍ଲୀ ମିଆଁ ବଲିଉଡିରେ ୨୫ରୁ ଅଧିକ ବର୍ଷ ବିତାଇ ସାରିଲେଣି। ଫ୍ଲପ୍ ହିଟର ଏକ୍ସପେରିମେଣ୍ଟ କରୁକରୁ ସଲମାନ୍ ବନି ଯାଇଛନ୍ତି ବଲିଉଡର ବ୍ୟାଙ୍କବେଲ୍ ଷ୍ଟାର। ଯାହାଙ୍କୁ ନେଇ ପ୍ରଡ୍ୟୁସର କେବେ ବି ଆଶଙ୍କା ସୃଷ୍ଟି କରନ୍ତି ନାହିଁ। କାରଣ ଲଗାତର୍ ସେ ଦେଇଚାଲିଛନ୍ତି ଗୋଟିଏ ପରେ ଗୋଟିଏ ବ୍ଲକ ବ୍ଲଷ୍ଟର ହିଟ୍। ଛୋଟ ପରଦାରେ ତାଙ୍କ ହୋଷ୍ଟିଂ ମଧ୍ୟ ଖୁବ୍ ହିଟ୍ ହୋଇଛି। ଚଳିତ ବର୍ଷ ଫ୍ୟାନଙ୍କୁ ‘ବଜରଙ୍ଗୀ ଭାଇଜାନ୍’ ଓ ‘ପ୍ରେମରତନ ଧନ ପାୟୋ’ ଭଳି ଦୁଇଟି ସୁପରହିଟ୍ ଫିଲ୍ମ ଭେଟି ଦେଇଛନ୍ତି ସଲମାନ୍। ଆସନ୍ତା ବର୍ଷ ରିଲିଜ୍ ହେବାକୁ ଥିବା ସୁଲତାନ କେବେ ପରଦାକୁ ଆସୁଛି ତାହାକୁ ହିଁ ଅପେକ୍ଷା।

## ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ



ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ ବର୍ଷୀୟ ରୋବର୍ଟ ଟାଡ଼ ଓ ୪୩ ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍‌ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ । କୃଷିକ୍ଷେତ୍ରରେ କାମକରୁଥିବା ସମୟରେ ହଳକରୁଥିବା ଦୁଇ ବଳଦଙ୍କ ଖୋରାରୁ ରକ୍ତ ବାହାରୁଥିବା ଦେଖି ମାଇକ୍ ସେମାନଙ୍କ ପାଇଁ ଜୋତା ତିଆରି କରିବାର ପରିକଳ୍ପନା କରିଥିଲେ ଯାହାକୁ ସେ ଆଜି ବାସ୍ତବ ରୂପ ଦେଇଛନ୍ତି।

## ପୁରାଣ କାହାଣୀ

# ବିଶ୍ୱ ନିର୍ମାଣର ସ୍ରଷ୍ଟା ‘ବିଶ୍ୱକର୍ମା’

ଦେବ ଶିଳ୍ପୀ ବିଶ୍ୱକର୍ମା ଏ ବିଶ୍ୱର ସମସ୍ତ ନିର୍ମାଣ କାର୍ଯ୍ୟର ସ୍ରଷ୍ଟା । ସେ ବ୍ରହ୍ମାଙ୍କ ନାଭି ମଣ୍ଡଳରୁ ଜାତ ବୋଲି ଧର୍ମ ଶାସ୍ତ୍ରମାନଙ୍କରେ ଉଲ୍ଲେଖ ରହିଛି । ସେ କନ୍ୟା ସଂକ୍ରାନ୍ତି ଦିନ ମର୍ତ୍ତ୍ୟ ଲୋକରେ ଆବିର୍ଭୁତ ହୋଇଥିବାରୁ ସେହିଦିନ ମର୍ତ୍ତ୍ୟଲୋକର ସମସ୍ତ ଶିଳ୍ପୀକୂଳ ତାଙ୍କରି ପୂଜା ଏବଂ ଆରାଧନା କରି ଥାଆନ୍ତି ।



ବିଶ୍ୱକର୍ମା ବିଶ୍ୱର ବିନ୍ଧାଣୀ । ସେ ବୈକୁଣ୍ଠବାସୀ ଓ ସର୍ବଗୁଣ ସମ୍ପନ୍ନ । ସର୍ବଶକ୍ତିମାନ, ସର୍ବନୀୟନ୍ତା , ବାୟରୂପେ ସର୍ବବିଦ୍ୟମାନ, ବାସ୍ତୁବିଦ୍ୟାର ଦେବତା ଏବଂ ନିର୍ମାଣ କାର୍ଯ୍ୟର ଦଣ୍ଡଧାରୀ ଦେବତା ।

ବ୍ରହ୍ମବୈବର୍ତ୍ତ ପୁରାଣରେ ବ୍ରହ୍ମାଙ୍କ ନାଭିରୁ ଜାତ, ପୁରାଣରେ ସେ ଦେବ ଶିଳ୍ପୀ । ଏମିତି ଭିନ୍ନ ଭିନ୍ନ ନାମରେ ସେ ପରିଚିତ । ତାଙ୍କରି ହାତ ସ୍ପର୍ଶରେ କୁବେରଙ୍କର ଅଳକାପୁର, ଦ୍ୱାରକା ନଗର, ସ୍ୱର୍ଣ୍ଣଲଙ୍କା, କୃଷ୍ଣ ନିବାସ, ସେତୁ ବନ୍ଧ ନିର୍ମାଣ, ଇନ୍ଦ୍ରଭୁବନ, ଗୋଲକଧାମ, ସୁଦାମା ପୁରୀ, ମହାଲକ୍ଷ୍ମୀଙ୍କ ସମୁଦ୍ରକୂଳସ୍ଥ ମର୍ତ୍ତ୍ୟ ବୈକୁଣ୍ଠ, କଳାକାରଖାନା, ମଠ ମନ୍ଦିର, ମସଜିଦ, ଗାଡିମଟର, ଉହାଜାହାଜ, ଛପାଖାନା, ରେଳ ଗାଡି, ଟିଭି, ରେଡିଓ, କମ୍ପ୍ୟୁଟର ଆଦି ।ଆମ ଚାରିପଟେ ଦେଖୁଥିବା ତିନିପୁରର ସମସ୍ତ ନିର୍ମାଣ ମଣିଷ କିଛି କରେ ନାହିଁ । ମଣିଷ ଦେହରେ ବିଜେ ହୋଇ ସେ ହିଁ ସବୁ କରି ଥାଆନ୍ତି । ଅନେକଙ୍କ ମତରେ କୃଷି ଓ ବୃଷ୍ଟିର ଦେବତା ହେଉଛନ୍ତି ବିଶ୍ୱକର୍ମା । ବିଶ୍ୱକର୍ମା ଉଭୟ ବୈଦିକ ଓ ପୌରାଣିକ ଦେବତା । ଆଧୁନିକ ରୂପରେ ସେ ରୂପରେ ଗୌର । ହସ୍ତରେ ବିଭିନ୍ନ ମାନଦଣ୍ଡ, ଚାରି ଭୂଜା ବାମ ଉପର ହସ୍ତରେ ବଟାଳି, ନିମ୍ନହସ୍ତରେ ମାର୍ତୁଲ ବା ନିକିତି, ଦକ୍ଷିଣ ଉର ହସ୍ତରେ ଚକ୍ର ଧାରଣ କରି ପୂଜା ପାଉଛନ୍ତି । ଶ୍ୱେତ ବସ୍ତ୍ର ପରିଧାନ କରିବା ସହ କାନ୍ଧରେ ପଇତା ପକାଇ ଭକ୍ତଙ୍କୁ ଦର୍ଶନ ଦିଅନ୍ତି । ତେଣୁ ବିଭିନ୍ନ ଶିଳ୍ପ ସଂସ୍ଥାରେ ଏହି ବିଶ୍ୱକର୍ମାଙ୍କ ପୂଜା ଧୂମଧାମରେ ପାଳନ କରାଯାଏ ।

# ବିଲେଇ ଶାଳା

ଯଦି ଏହି ପୃଥିବୀରେ ବିଲେଇମାନଙ୍କ ପାଇଁ କେଉଁଠି ସ୍ୱର୍ଗଥାଏ ତେବେ ତାହା ହେଉଛି କାଲିଫର୍ଣ୍ଣିଆ। ଦି କ୍ୟାଟ୍ ହାଉସ୍ ଅନ୍ ଦି କିଙ୍ଗସ୍ ନାମରେ ପ୍ରସିଦ୍ଧ ଏକ ଘରେ ବର୍ତ୍ତମାନ ୭୦୦ ବିଲେଇ ବାସ କରନ୍ତି। ବିଲେଇମାନଙ୍କ ରହିବା ପାଇଁ ସେଠାରେ ୯ଟି ଭିନ୍ନ ଭିନ୍ନ ସ୍ଥାନ ତିଆରି କରାଯାଇଛି। ଏହାକୁ ବିଶ୍ୱର ସବୁଠାରୁ ବଡ ବିଲେଇ ଅଭ୍ୟାରଣ୍ୟ ବୋଲି କୁହାଯାଏ। ଏହି ଘରର ନିର୍ମାଣ ୧୯୯୨ରେ କରାଯାଇଥିଲା, ସେହିଦିନଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରାୟ ୨୪ ହଜାର ବିଲେଇଙ୍କୁ



ଏଠାରେ ପୋଷା ଯାଇସାରିଲାଣି। ଏହି ବିଲେଇ ଘରର ନିର୍ମାଣ ଲିନିୟା ଲତାଞ୍ଜିୟୋ କରିଥିଲେ। ଲିନିୟା କୁହନ୍ତି, ମୁଁ ଚାହୁଁନି ଯେ, କୌଣସି ବିଲେଇ ପିଞ୍ଜରାରେ କଏଦ୍ ହୋଇ ରୁହନ୍ତୁ। ସେମାନଙ୍କୁ ଖୁବ୍ ଜୋର୍‌ରେ ଦୌଡିବା ଏବଂ ଗଛ ଉପରେ ଚଢ଼ିବା ଅଧିକାର ଅଛି। ଏହି କାରଣ ଯୋଗୁଁ ମୁଁ ଏହି ଅଭ୍ୟାରଣ୍ୟର ନିର୍ମାଣ କରିଥିଲି। ସେ କୁହନ୍ତି ମୁଁ ପ୍ରତିଦିନ ଏଭଳି ବିଲେଇଙ୍କୁ ଖୋଜେ, ଯାହାକୁ ଲୋକେ ଛାଡି ଦେଇଥାଆନ୍ତି। ସେମାନଙ୍କୁ ମୁଁ ମୋର ଏହି ଘରକୁ ଆଣେ। ଏହି ବିଲେଇ ଅଭ୍ୟାରଣ୍ୟର ଫଟୋକୁ ଫଟୋଗ୍ରାଫର କ୍ରିଷ୍ଟିନା ଗେଣ୍ଡଲ୍ଲୋ ଉଠାଇଛନ୍ତି, ଯିଏକି ଲାସ୍ ଏଞ୍ଜୋଲିସ୍‌ରେ ବାସ କରନ୍ତି। ସେ କୁହନ୍ତି, ମୁଁ ଏହି ଫଟୋ ଜରିଆରେ ଲିନିୟା ଏବଂ ତାଙ୍କ ଦଳର ସଦସ୍ୟ କିଭଳି ପରିଶ୍ରମ କରୁଛନ୍ତି ତାହା ଜଣାଇବା ପାଇଁ ଚେଷ୍ଟା କରିଛି।

## ଫଟୋସପ୍‌ର କମାଲ୍

ଥିଓଡର। ତା’ବୟସ ମାତ୍ର ୧୦ ମାସ। ଏତେ କମ୍ ବୟସରେ ସେ ଚିତା ବାଘ ଉପରେ ବସି ମସ୍ତି କରେ ତ ଆଉ କେତେ ବେଳେ ହାତୀର ଶୁଣ୍ଢ ସହ ଖେଳେ। କେତେବେଳେ ଭାଲୁ ସହ ଶୋଇଯାଏ ତ ଆଉ କେତେବେଳେ ସିଲ୍ ମାଛ ସହ ତାଳରେ ତାଳ ମିଶାଇ ଗୀତ ଗାଏ। ଆପଣମାନେ ଭାବୁଥିବେ ଏତେ କମ୍ ବୟସ୍କ ଛୁଆଟି ଏଭଳି ଭୟାନକ ପଶୁଙ୍କ ସହ କିଲଭି ଖେଳିପାରେ। ପ୍ରକୃତରେ ଏହା ହେଉଛି ଫଟୋସପ୍‌ର କମାଲ୍। ଅଷ୍ଟ୍ରିୟାରେ ବାସ କରୁଥିବା ଡେନିଏଲା ବେବିକ୍ ନିଜ ଫଟୋଗ୍ରାଫିର ସଉକ୍‌କୁ ପୂରଣ କରିବା ପାଇଁ ଏକ୍ସପେରିମେଣ୍ଟ କରୁକରୁ ଏଭଳି ଫଟୋ ପ୍ରସ୍ତୁତ କରିଛନ୍ତି, ଯାହାକୁ ଦେଖି ଲୋକେ ଚକିତ ହୋଇଯିବେ। ସୂଚନା ଯୋଗ୍ୟ ଯେ, ଡେନିଏଲ୍‌ଙ୍କୁ ଫଟୋଗ୍ରାଫି ଏବଂ ଫଟୋସପ୍‌ରେ କାମ କରିବା ଦ୍ୱାରା ଆନନ୍ଦ ମିଳେ। ସେ ସର୍ବଦା କିଛି ନୂଆ କରିବାରେ ବିଶ୍ୱାସ କରନ୍ତି।

## ଦି ଇଣ୍ଟରଭ୍ୟୁ ଟାଇମ୍ସର ୮ମ ବାର୍ଷିକ ଉତ୍ସବ ପାଳିତ

ଭୁବନେଶ୍ୱର : ରାଜ୍ୟର ଅଗ୍ରଣୀ ମାସିକ ପତ୍ରିକା “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ୮ମ ବାର୍ଷିକ ଉତ୍ସବ ହୋଟେଲ୍ ସ୍ୱସ୍ତି ପ୍ରିମିୟମ୍, ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଅଛି । “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ସମ୍ପାଦକ ଦିବ୍ୟଜିତ୍ ସାହୁଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମକୁ ରଣେନ୍ଦ୍ର ପ୍ରତାପ ସ୍ୱାଇଁ (ଖାଦ୍ୟ ଯୋଗାଣ ମନ୍ତ୍ରୀ), ଡଃ ଅରୁଣ କୁମାର ସାହୁ (କୃଷି ମନ୍ତ୍ରୀ) ଉଦ୍‌ଘାଟନ କରିଥିଲେ । ମୁଖ୍ୟଅତିଥି ଭାବେ ଜଷ୍ଟିସ୍ ମଦନ ମୋହନ ଦାସ (ବିଚାରପତି), ଶ୍ରୀଯୁକ୍ତ ତାରାରଂଜନ ପଟ୍ଟନାୟକ (ପ୍ରତିଷ୍ଠାତା-ଫାଲ୍‌କନ୍ ମେରାଇନ୍) ଏବଂ ରାକେଶ ମୋହନ (ବେଦାନ୍ତ ଲିମିଟେଡ୍) ଯୋଗ ଦେଇଥିଲେ । ଏହି ଅବସରରେ ଅତିଥିମାନେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ପ୍ରୟାସକୁ ସାଧୁବାଦ୍ ଜଣାଇବା ସହ ସଫଳତା କାମନା କରିଥିଲେ । ମଞ୍ଚସଭା ପରେ ପରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା ୨୦ଜଣ ବିଶିଷ୍ଟ ବ୍ୟକ୍ତିଙ୍କୁ “ଦି ଇଣ୍ଟରଭ୍ୟୁ ଟାଇମ୍ସ” ପରିବାର ତରଫରୁ ସମ୍ମାନଜନକ “ଶ୍ରେଷ୍ଠ-୨୦ ଓଡ଼ିଶାର ପ୍ରେରଣାଦାୟୀ ବ୍ୟକ୍ତି” ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ସ୍ୱତନ୍ତ୍ର ସଂଖ୍ୟା “ଭିଜନ୍ ଅଫ୍ ଓଡ଼ିଶା-୨୦୧୯” ଉନ୍ମୋଚିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦିଲୀପ କୁମାର ମହାନ୍ତି ଏବଂ ଉପଦେଷ୍ଟା ସୁଚିସ୍ମିତା ପୃଷ୍ଟି ଉପସ୍ଥିତ ଥିଲେ । ପରିଶେଷରେ ସହ-ସମ୍ପାଦକ ଶୁଭୋଜିତ୍ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ ।

# ଏବେ ଇ-ଟୁଥବ୍ରସ୍

ଲୋକମାନଙ୍କର ବଞ୍ଚିବା ଷ୍ଟାଇଲ ଯଦି ସ୍ମାର୍ଟ, ସେମାନେ ବ୍ୟବହାର କରୁଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଯେପରି ମୋବାଇଲ, କମ୍ପୁଟର ଆଦି ସ୍ମାର୍ଟ ତେବେ ଏଥିରୁ ଟୁଥବ୍ରସ୍ ବା କାହିଁକି ବାଦ ପଡ଼ିବ। ଟୁଥବ୍ରସ୍‌ର କେତେକ କମ୍ପାନୀ ଏବେ ଇ-ଟୁଥବ୍ରସ୍ ବନାଇବାକୁ ଯୋଜନା କରୁଛନ୍ତି। ଏହି ଇ-



ଟୁଥବ୍ରସ୍ ଆପଣଙ୍କ ଦାନ୍ତକୁ ସଫା କରିବା ସହିତ ନୋଟ୍ କରିଥାଏ କି ଆପଣଙ୍କର ଦାନ୍ତ କେତେ ସଫାସୁତୁରା ଅଛି। ସେହି ଡାଟାକୁ ଏକ ଖାସ୍ ଆପ ସାହାଯ୍ୟରେ ଆପଣଙ୍କର ସ୍ମାର୍ଟ ଫୋନ୍ ଓ ଆଇଫୋନ୍‌କୁ ପଠାଇଥାଏ। ଏହି ଆପ ସାହାଯ୍ୟରେ ଆପଣ ଜାଣି ପାରିବେ ଯେ ଆପଣଙ୍କର ବ୍ରସ୍ କରିବା ଷ୍ଟାଇଲରେ ଦାନ୍ତ ଠିକ୍ ଭାବେ ସଫା ହେଉଛି ନା ନାହିଁ ଓ ବ୍ରସ୍ କରିବା ଫଳରେ ଆପନଙ୍କ ଦାନ୍ତ ମାଢ଼ି ର କୌଣସି କ୍ଷତି ହେଉନାହିଁ ତ। ପ୍ରତିଦିନର ବ୍ରସ୍ କରିବା ପରେ ସେହି ବ୍ରସ୍ ଦାନ୍ତର ସୁସ୍ଥତା ଓ ଦାନ୍ତ ସଫା ହୋଇଛି ନା ନାହିଁ ନିୟମିତ ସୁଚନା ଦେଇଥାଏ। ଏହା ବ୍ୟତୀତ ଏହି ସ୍ମାର୍ଟ ଟୁଥବ୍ରସ୍ ଦାନ୍ତକୁ ସଠିକ୍ ଭାବେ ସଫା କରିବାର ପ୍ରକ୍ରିୟା ମଧ୍ୟ ବତାଇଦେବ।

# ଫିନାଇଲ ବ୍ୟବହାର କରୁଛନ୍ତି କି ?

ଫିନାଇଲିରେ ଏମିତି କିଛି ବିଷାକ୍ତ ପଦାର୍ଥ ମିଶିଛି ଯାହା ଆମ ଶରୀରରେ ସ୍ଲୋପଜଏଜ ଭଳି କାମ କରିଥାଏ। ବହୁ ଅଧ୍ୟୟନରୁ ଜଣାପଡିଛି ଯେ, ସଫା କରିବା ପାଇଁ ବ୍ୟବହୃତ ହେଉଥିବା ଫିନରାଇଲରେ ବହୁତ କ୍ଷତିକାର ତତ୍ତ୍ୱ ମିଶିକରି ରହିଥାଏ। ଫିନାଇଲିରେ ରହିଥାଏ ଶକ୍ତିଶାଳୀ ଫିନେଲ, ଯାହା ରୋଗାଣୁରୋଧକ ଏବଂ କୀଟାଣୁନାଶକ କାମ କରିଥାଏ। ଯେତେବେଳେ ଏହାକୁ ଲାଟିନ୍ କିମ୍ବା ବାଥ୍‌ରୁମ୍ ସଫାକରିବା ପାଇଁ ବ୍ୟବହାର କରାଯାଏ ତ ଏଥିରେ ଥିବା କେମିକାଲ ବହୁତ ସମୟ ଧରି ନିଶ୍ୱାସ ପ୍ରଶ୍ୱାସରେ ନେଲେ ବହୁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଯଥା ପେଟ, ଅନ୍ତ, ଲିଭର, କିଡନୀ ଏବଂ ହାର୍ଟକୁ କ୍ଷତି ପହଞ୍ଚାଇଥାଏ। ବେଳେ ବେଳେ ଏହାର ପରିମାଣ ଖୁବ ଭୟଙ୍କର ହୋଇଥାଏ। ସମୟ ପୂର୍ବରୁ ଯଦି ଏହାର ଚିକିତ୍ସା ନକରାଯାଏ ତ ସ୍ଥିତି ଗମ୍ଭୀର ହୋଇପାରେ। ଫିନାଇଲ ଆଖି ଏବଂ ତ୍ୱଚା ସଂସ୍ପର୍ଶରେ ଆସିଲେ ଜଳାପୋଡା ହେବା ସହ ଏହାର ଅଧିକ ବ୍ୟବହାର ଦୃଷ୍ଟିଶକ୍ତି ଚାଲିଯବାର ବହୁ ସମ୍ଭାବନା ରହିଛି। ଠିକ୍ ସେହିଭଳି ଏହା ନିଶ୍ୱାସ




ମାଧ୍ୟମରେ ଭିତରକୁ ଚାଲିଯାଏ ତ ନାକ, ଗଳା ଏବଂ ଫୁସ୍‌ଫୁସ୍‌ର ଭିତର ଅଂଶ ଜଳାପୋଡା ହୋଇପାରେ। ଫିନାଇଲକୁ ନେଇ ଆମର ମସ୍ତିଷ୍କ ଖୁବ୍ ସମ୍ବେଦନଶୀଳ। ଫିନାଇଲ୍ ଦ୍ୱାରା ହୃଦଘାତ ଏବଂ କୋମାକୁ ଚାଲିଯିବାର ସମ୍ଭାବନା ରହିଛି।

## ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ମାନବ ସେବାରେ ଦୂରଦର୍ଶନ

ଜଗତୀକରଣ ପ୍ରକ୍ରିୟାରେ ବିଶ୍ୱ ଏବେ ସଂକୁଚିତ ହୋଇଯାଇଛି ଅର୍ଥାତ୍ ବିଶ୍ୱ ଏକ ପରିବାର ପାଲଟି ଯାଇଛି। ଏହି ପାରିବାରିକ କାରଣରୁ ଆମ ପାଇଁ ଅନେକ କିଛି ସହଜ, ସରଳ ଏବଂ ସୁଗମ ହୋଇପାରିଛି । ଏ ସବୁର ମୂଳ କାରଣ ଆମ୍ଭମାନଙ୍କ ପାଖରେ ସଂପ୍ରତି ପହଂଚିଥିବା ପରିବହନ ଏବଂ ଯୋଗାଯୋଗ ବ୍ୟବସ୍ଥାର ସୁଲଭତା। ତେବେ ସାଂପ୍ରତିକ ଯୋଗାଯୋଗ ବ୍ୟବସ୍ଥା ବିଶ୍ୱବାସୀଙ୍କୁ ସନ୍ନିକଟ କରାଇବା ତଥା ପରସ୍ପରକୁ ବୁଝିବା ଏବଂ ନିଜର ଅଭାବ ମେଣ୍ଟାଇବା, ଭାବର ଆଦାନ ପ୍ରଦାନ ବ୍ୟବସ୍ଥାକୁ ଆହୁରି ସୁଦୃଢ କରିଛି।

ପରସ୍ପରକୁ ନିକଟତର କରାଇବାର ବୁଝିବାର ଏବଂ ବୁଝାଇବାର ମାଧ୍ୟମକୁ କୁହନ୍ତି ଗଣମାଧ୍ୟମ। ଗଣମାଧ୍ୟମ କୌଣସି ଦେଶର ଶାସନ କ୍ଷେତ୍ରରେ ଚତୁର୍ଥ ସ୍ତମ୍ଭ। ଗଣମାଧ୍ୟମ କହିଲେ ସମ୍ବାଦ ଗ୍ରହଣ, ପ୍ରଚାର ଏବଂ ପରିବେଷଣକୁ ବୁଝାଏ। ଆମେ ଜାଣିଥିବା ଏବଂ ପଢୁଥିବା ଖବରକାଗଜ, ଆକାଶବାଣୀ, ପତ୍ରପତ୍ରିକା, ପ୍ରାଚୀରପତ୍ର, ପାଲା, ଦାସକାଠିଆ, ନାଚ, ଥିଏଟର, ସିନେମା, ଚକୁଳିଆ ପଣ୍ଡା ଗୀତ ଏବଂ ଜାନୁଘଣ୍ଟିଆର ବାଣୀ ଅଥବା ପୁରାଣ କାହାଣୀ ଏସବୁ ଗଣମାଧ୍ୟମର ତାଳପତ୍ର ସଦୃଶ। ତେବେ ସଂକ୍ଷେପରେ ଏହାକୁ ଉକ୍ତି ବାଚକ, ଲିଖିତ, ଶ୍ରୁତି ବାଚକ, ଦର୍ଶନ ସୂଚକ, ତଥା ଦୃଶ୍ୟ-ଶ୍ରାବ୍ୟ ଏହି ପ୍ରକାର ବିଭିନ୍ନ ଭାବରେ ବିଭକ୍ତ କରାଯାଇପାରେ।

ଦୂରଦର୍ଶନ ଦୃଶ୍ୟ-ଶ୍ରାବ୍ୟର ମାଧ୍ୟମ ଅର୍ଥାତ୍ ଏକ ସମୟରେ ଘଟୁଥିବା ଘଟଣା ବା କାହାଣୀମାନ ଦେଖିହୁଏ ଏବଂ ଶୁଣିହୁଏ। ମହାଭାରତରୁ ଜାଣିଛୁ ଅନ୍ଧ ଧୃତରାଷ୍ଟ୍ରଙ୍କୁ ସଂଜୟ କୁରୁକ୍ଷେତ୍ରରେ ଚାଲିଥିବା ଯୁଦ୍ଧର ବିବରଣୀ ଯୋଜନ ଯୋଜନ ଦୂରରେ ରହି ଶୁଣାଉଥିଲେ। ଏହିଦୃଷ୍ଟିରୁ ସେ ଦୂରଦର୍ଶନ କାର୍ଯ୍ୟ କରୁଥିଲେ। ଏହା କେତେଦୂର ଦିବ୍ୟଦୃଷ୍ଟି ଥିଲା ତାହା ଆମ ଚିନ୍ତାର ବାହାରେ ଅଥଚ-ଆମେ ଆଜି ଏହାକୁ ଅସ୍ୱୀକାର କରିପାରୁନାହୁଁ କାରଣ ଆମେ ସଂଜୟଙ୍କୁ ଟପି ଯାଇଛୁ।

ଦୂରଦର୍ଶନ ବିଭିନ୍ନ ଉପାୟରେ ଆମକୁ ସାହାଯ୍ୟ କରିଥାଏ। ଏହା ବିଶ୍ୱ ସଂପର୍କରେ ଲୋକମାନଙ୍କୁ ଶିକ୍ଷା ଦେଇଥାଏ; ବିଶ୍ୱର ବିଭିନ୍ନ ସମସ୍ୟା ଏବଂ ତାର ବାସ୍ତବ କାହାଣୀ ଯାହା ତତ୍କ୍ଷଣିକ ଘଟି ଚାଲିଛି ସେଗୁଡିକ ଆମକୁ ଦେଖାଇଥାଏ ଏବଂ ଶୁଣାଇଥାଏ। ଏହା ଗଣମାଧ୍ୟମର ସର୍ବୋତ୍ତମ ସଂବାଦ ପ୍ରଚାର ଏବଂ ପ୍ରଘଟକାରୀ ଏକ ଯନ୍ତ୍ର ଯାହା ଆମ ପୃଥିବୀର ଯେକୌଣସି କୋଣରେ ଘଟିଯାଉଥିବା ଦୃଶ୍ୟ ବା କାହାଣୀକୁ ଆମ ଘରେ ବସି ଦେଖିପାରୁଛୁ ଏବଂ ତାର ଅଂଶୀଦାର ହୋଇପାରୁଛୁ; ଏହା ମାଧ୍ୟମରେ ଆମେ ଆମର ସ୍ୱାଧୀନ ଭାଷଣକୁ ବା ଭାବକୁ ବ୍ୟକ୍ତ କରିପାରୁଛୁ; ଏହା ବିଶ୍ୱ ସ୍ତରରେ ସାଂସ୍କୃତିକ କ୍ଷେତ୍ରରେ ନାନା ବିଭିନ୍ନତା ମାଧ୍ୟମରେ ଏକତାର ଭାବ ସୃଷ୍ଟି କରିଛି ଏବଂ ସର୍ବୋପରି ପୃଥିବୀରେ ଜଗତିକରଣ ପ୍ରକ୍ରିୟାରେ ବିଭିନ୍ନ ପ୍ରକାର ସମସ୍ୟାର ଉତ୍ପତ୍ତି , ଗତି, ଏବଂ ସମାଧାନର ସୂତ୍ର ବାହାର କରିବାରେ ସାହାଯ୍ୟ କରିପାରୁଛି। ବିଶେଷ କରି ପୃଥିବୀରେ ଶାନ୍ତି, ନିରାପତ୍ତା, ଅର୍ଥନୈତିକ ସ୍ଥିତି ପ୍ରଗତି ସାମାଜିକ ଉନ୍ନତି ଏବଂ ସାଂସ୍କୃତିକ ଭାବର ବିନିମୟ ପାଇଁ ଏହା ବିଶେଷ ସହାୟକ ହେଉଛି। ଏହାର



ଆବଶ୍ୟକତା ଶିଶୁଠାରୁ ବୃଦ୍ଧଯାଏଁ କିଏ ଯେ ଉପଲବ୍ଧି ନକରୁଛି, ତାହା ଅସ୍ୱୀକାର କରିହେବ ନାହିଁ।

ଆମ ପାଇଁ ଏହାର ଆବଶ୍ୟକତା ଅତୁଳନୀୟ। ଏହାର ଗୁରୁତ୍ୱକୁ ଉପଲବ୍ଧି କରି ଜାତିସଂଘର ସାଧାରଣ ସଭାଦ୍ୱାରା ୧୯୯୬ ଡିସେମ୍ବର ୨୧ ତାରିଖରେ "ଦୂରଦର୍ଶନ" ଦିବସ ପାଳନାର୍ଥେ ଏକ ନିଷ୍ପତ୍ତି ନିଆଗଲା। ସେବେଠୁ ବିଶ୍ୱ ଦୂରଦର୍ଶନ ଦିବସ ପାଳିତ ହୋଇଆସୁଅଛି। ଏହା ଆଧୁନିକ ସଭ୍ୟତା ପାଇଁ ଏକ ନୂତନ ଗଣମାଧ୍ୟମ। ଏହା ସାରା ବିଶ୍ୱକୁ ସଂକୁଚିତ କରିବାରେ ତଥା ପ୍ରତ୍ୟେକଙ୍କୁ ଏ ବିଶ୍ୱର ଏକ ଅଂଶୀଦାର ଭାବେ ବିବେଚନା କରିବାକୁ ନିଶ୍ଚିତ କରାଇଛି। କହିବା ବାହୁଲ୍ୟ ଯେ ସୂର୍ଯ୍ୟଙ୍କ ପାଖରେ ଲଣ୍ଠନ ବତୀଟିଏ ଯେପରି ଗୁରୁତ୍ୱ ହରାଇଥାଏ, ସେହିପରି ସାଂପ୍ରତିକ ଦୂରଦର୍ଶନ ବା ଟିଭି କାରଣରୁ ଆକାଶବାଣୀ ଯିଏ ଏକଦା ପ୍ରଭାବ ବିସ୍ତାର କରିଥିଲା, ସିଏ ମଉଳିଗଲାଣି । ଅନେକଙ୍କ ଘରେ ସମ୍ବାଦପତ୍ର ଆଉ କେହି କିଣନ୍ତି ନାହିଁ; କେହି ସିନେମା, ନାଚ, ଥିଏଟର ଇତ୍ୟାଦି ମନୋରଂଜନ କାର୍ଯ୍ୟକ୍ରମକୁ ଯାଆନ୍ତି ନାହିଁ; ଖେଳ ପଡିଆରେ କେହି କ୍ରିକେଟ ବା ଫୁଟବଲ ବା କବାଡି ଦେଖନ୍ତି ନାହିଁ। ମହାକାଶଯାନର ଉତ୍ତୋଳନ ବା କୌଣସି ଦୁର୍ଘଟଣାର ଚାକ୍ଷୁଷ ପ୍ରମାଣ ପାଇଁ କେହି ଦଉଡି ଯାଆନ୍ତି ନାହିଁ। ସେ ସବୁ ଆମ ହାତପାଆନ୍ତିରେ ଆମରି ପାଖରେ ଯଦି ଟିଭିଟିଏ ଅଛି ପଂହଚିଯାଉଛି। ଜୀବନର ଏମିତି କିଛି ଖୋଜିବା ବି ଲୋଡିବା କଥାନାହିଁ ଯାହା ଦୂରଦର୍ଶନ ମାଧ୍ୟମରେ ଆମେ ପାଇନଥାଉ।







ଏ ସମସ୍ତ କଥାକୁ ଉପଲବ୍ଧି କରି ଜାତିସଂଘ ଦ୍ୱାରା ନିର୍ଦ୍ଦିଷ୍ଟ ହୋଇଥିବା ୨୧ ନଭେମ୍ବରକୁ 'ବିଶ୍ୱ ଦୂରଦର୍ଶନ ଦିବସ' ରୂପେ ପାଳନ କରିବା ହିଁ ଯଥାର୍ଥ ।

# ଚାଷୀଙ୍କ ବ୍ୟାଙ୍କ ଖାତାକୁ କେବେ ବୀମା କ୍ଷତିପୂରଣ ଏବଂ ଇନପୁଟ ସବସିଡି ଟଙ୍କା ଯିବ ?



ଭୁବନେଶ୍ୱର (ପିଏନ୍)- ରାଜ୍ୟରେ ୧୨ଟି ଜିଲା ଏବଂ ୬୪ଟି ବ୍ଲକରେ ୨୦୨୧ ମସିହାରେ କୃଷକମାନଙ୍କର ମରୁଡ଼ି ଜନୀତ ଫସଲହାନୀ ଘଟିଥିଲା। ରାଜ୍ୟ ସରକାରଙ୍କର ପ୍ରଦତ ନିୟମ ଅନୁସାରେ କୃଷକମାନଙ୍କୁ ୨୦୨୧ ଖରିଫ ଋତୁର ଦୁଇମାସ ଭିତରେ କ୍ଷତିପୂରଣ ଭରଣ କରାଯିବା କଥା। କ୍ଷୟକ୍ଷତି ଆକଳନ ହୋଇସାରିଲା ପରେ ମଧ୍ୟ ରାଜ୍ୟ ସରକାର କ୍ଷୟକ୍ଷତିର ଇନ୍‌ପୁଟ ସବସିଡ୍ ବର୍ଷ ବର୍ଷ ଧରି ଦେଲେ ନାହିଁ ଏବଂ ଠିକ୍ ପଦ୍ମପୁର ଉପନିର୍ବାଚନର ତାରିଖ ଘୋଷଣା ହେବାପରେ ନବୀନ ସରକାର ୨୦୦ କୋଟି ଟଙ୍କାର ଇନପୁଟ ସବସିଡି ଘୋଷଣା କରିବା ଏହା ତାଙ୍କର କୃଷକମାନଙ୍କ ପ୍ରତି କେତେ ଦରଦ ଓ ସହାନୁଭୂତି ଅଛି ତାହା ସ୍ପଷ୍ଟ ଅନୁମେୟ। ପଦ୍ମପୁରର କୃଷକମାନେ ଦୀର୍ଘ ୧୪ମାସ ଧରି ତାଙ୍କର କ୍ଷୟକ୍ଷତିର ଭରଣା ପାଇଁ ଏବଂ ପ୍ରାପ୍ୟ ବୀମା ରାଶି ପାଇବାପାଇଁ ଆନ୍ଦୋଳନ ଜାରି ରଖିଛନ୍ତି ଏ କଥାକୁ ରାଜ୍ୟ ସରକାର ଭଲଭାବରେ ଜାଣିଛନ୍ତି। କିନ୍ତୁ ପଦ୍ମପୁରର କୃଷକମାନଙ୍କ ସମସ୍ୟାକୁ ସମାଧାନ କରିବାପାଇଁ କେବେ ତତ୍ପରତା ଦେଖେଇଲେ ନାହିଁ। ଅନୁରୂପ ଭାବରେ କେନ୍ଦ୍ର ସରକାରଙ୍କର ପ୍ରଧାନମନ୍ତ୍ରୀ ଫସଲବୀମା ଯୋଜନାରେ ରାଜ୍ୟର କୃଷକମାନେ ବୀମା ରାଶି ଭରଣ କରିଥିଲେ। କିନ୍ତୁ ୨୦୨୧ ମସିହା ଖରିଫ ସିଜନ୍‌ରେ କୃଷକମାନଙ୍କର ଯେଉଁ କ୍ଷୟକ୍ଷତି ଘଟିଲା ସେ କ୍ଷୟକ୍ଷତିକୁ ବୀମା କମ୍ପାନୀମାନେ ଭରଣା କରିବା ପରିବର୍ତ୍ତେ ବୀମା ଦାବିକୁ ଅଗ୍ରାହ୍ୟ କରିଦେଲେ। କୃଷକମାନେ ବୀମା କମ୍ପାନୀର ଏହି ଅନ୍ୟାୟ ବିରୋଧରେ ୧୪ମାସ ଧରି ଆନ୍ଦୋଳନ କରି ଆସୁଛନ୍ତି। ରାଜ୍ୟରୁ ତିନି ତିନି ଜଣ ଟାଣୁଆ କେନ୍ଦ୍ରମନ୍ତ୍ରୀ ଅଛନ୍ତି ଏବଂ ବହୁ ସାଂସଦ ମଧ୍ୟ ଅଛନ୍ତି କିନ୍ତୁ କେବେହେଲେ ଏ କଥାକୁ ନେଇ କେନ୍ଦ୍ର କୃଷି ମନ୍ତ୍ରୀଙ୍କ ପାଖରେ ଦାବୀ ଉପସ୍ଥାପନ କରାଗଲା ନାହିଁ ଏବଂ କୃଷକମାନଙ୍କୁ ବୀମାରାଶି ମିଳିଲା ନାହିଁ। ବରଗଡ଼ ଜିଲ୍ଲା ଓଡ଼ିଶାର ଭାତ ହାଣ୍ଡି। ଯଦି ପ୍ରକୃତରେ ବିଜେଡ଼ି ଓ ବିଜେପି କୃଷକମାନଙ୍କର ସମସ୍ୟାପାଇଁ ସାମାନ୍ୟ ଭାବରେ ଚିଂତିତ ଥା'ନ୍ତେ ତାହାହେଲେ ୧୪ ମାସ ଆନ୍ଦୋଳନ ହୋଇନଥାନ୍ତା। ବର୍ଷକୁ ବର୍ଷ ଧାନ କିଣିବାର ଚାଷୀମାନଙ୍କର କୋଟା କମି କମି ଯାଉଛି। ଏ ବାବଦରେ ଥରୁଟିଏ ଉଭୟ ଦଳ ପ୍ରତିବାଦ କରୁନାହାଁନ୍ତି। ଧାନ ପ୍ରତିବର୍ଷ ଓଡ଼ିଶାରୁ କେତେ କିଣାଯିବ ତାହା କେନ୍ଦ୍ର ସରକାର ସ୍ଥିର କରୁଛନ୍ତି। ଧାନର ଉତ୍ପାଦନ ବର୍ଷକୁ ବର୍ଷ ବଢୁଛି କିନ୍ତୁ କୃଷକମାନଙ୍କ ପାଖରୁ ସମସ୍ତ ଧାନ କିଣିବା ପରିବର୍ତ୍ତେ ମାତ୍ର ନିର୍ଦ୍ଧାରିତ କ୍ୟୁଂଟାଲ କିଣାଯାଉଛି। ଫଳରେ କୃଷକମାନେ ଉପଯୁକ୍ତ ପ୍ରାପ୍ୟ ପାଉନାହାଁନ୍ତି ଏକଥା ତ ଉଭୟଙ୍କୁ ଜଣା। ଏଠି ଉଭୟ ଦଳ କୃଷକଙ୍କ ପାଇଁ କୁମ୍ଭୀର କାନ୍ଦଣା କାନ୍ଦୁଛନ୍ତି ବୋଲି ଆଜି ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟରେ ଆହୁତ ଏକ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ଅର୍ଥମନ୍ତ୍ରୀ ତଥା ବରିଷ୍ଠ କଂଗ୍ରେସ ନେତା ପଂଚାନନ କାନୁନଗୋ କହିଛନ୍ତି। ସାମ୍ବାଦିକ ମାନଙ୍କୁ ସମ୍ବୋଦ୍ଧିତ କରି କହିଲେଯେ ଉଭୟ ଦଳ ପଦ୍ମପୁର ଉପନିର୍ବାଚନରେ ଭୋଟ ହାତେଇବା କୃଷକମାନଙ୍କୁ ଭୂଆଁ ବୁଲାଉଛନ୍ତି। ପଦ୍ମପୁର ନିର୍ବାଚନ ମଣ୍ଡଳୀରେ ୮୭ ଭାଗ ଭୋଟର ହେଉଛନ୍ତି କୃଷକ। ଏପଟେ ରାଜ୍ୟରେ କଳି କିନ୍ତୁ ଗୁଜୁରାଟ ନିର୍ବାଚନରେ କୋଳାକୋଳି। ବିଜୁ ଜନତା ଦଳର ସଭାପତି ତଥା ଓଡ଼ିଶାର ମୁଖ୍ୟମନ୍ତ୍ରୀ ମହୋଦୟ କହିବେକି, କାହିଁକି ଓଡ଼ିଶାର ଶ୍ରମ ଓ ନିଯୋଜନ ମନ୍ତ୍ରୀ ଶ୍ରୀଯୁକ୍ତ ଶ୍ରୀକା' ସାହୁଙ୍କୁ ଗତ ୧୬ ତାରିଖରୁ ଆସ'। ୨୪ ତାରିଖ ପର୍ଯ୍ୟ' ଗୁଜୁରାଟକୁ ପଠାଇଛନ୍ତି। ମନ୍ତ୍ରୀ ମହୋଦୟ ଗୁଜୁରାଟରେ ଆପଣଙ୍କ ସହଯୋଗୀ ବିଜେପି ପାଇଁ ସେଠି ଭୋଟ ପ୍ରଚାର କରୁଛନ୍ତି ବୋଲି ବିଶେଷ ସୂତ୍ରରୁ ଜଣାପଡ଼ିଛି। ଆପଣଙ୍କ ଜିଲ୍ଲାରୁ ଲକ୍ଷ ଲକ୍ଷ ଲୋକ ଗୁଜୁରାଟର ସୁରଟରେ ସୂତାକଳରେ ଦାଦନ ଖଟୁଛନ୍ତି। ସେମାନଙ୍କ ଭୋଟକୁ ବିଜେପି ଦଳ ପାଇଁ ହାତେଇବା ପାଇଁ ପ୍ରଚାର କରୁଛନ୍ତି କି ? ତେଣୁ ଆପଣ ଏ କଥାକୁ ଜନସାଧାରଣଙ୍କ ସମ୍ମୁଖରେ ସ୍ପଷ୍ଟ କରନ୍ତୁ। ତେଣୁ ଦୁଇଦଳ ଏଠାରେ ମିଛରେ କୁମ୍ଭୀର କାନ୍ଦଣା କାନ୍ଦୁଛନ୍ତି। ବିଜେଡ଼ି ଓ ବିଜେପି ଗୋଟିଏ ମୁଦ୍ରାର ଦୁଇଟି ପାର୍ଶ୍ୱ। ଶ୍ରୀ କାନୁନଗୋ ରାଜ୍ୟ ସରକାରଙ୍କ ପାଖରେ ଦାବି ରଖିଛନ୍ତି ଯେ ଅତିଶୀଘ୍ର କୃଷକମାନଙ୍କ ଖାତାକୁ ଇନ୍‌ପୁଟ ସବସିଡ୍ ଓ କ୍ଷୟକ୍ଷତି ଜନିତ ବୀମାରାଶି ତୁର' ପଠାଇବା ପାଇଁ ଉଭୟ କେନ୍ଦ୍ର ସରକାର ଓ ରାଜ୍ୟସରକାର ଘୋଷଣା କରନ୍ତୁ। ପୂର୍ବରୁ ଏଭଳି ବହୁବାର ନିର୍ବାଚନ ସମୟରେ ଲୋକଙ୍କୁ ଭେଳିକି ଦେଖାଇ ଠକିଛନ୍ତି। ଏଥର ବି ସେଇଚାଲ। ଯଦି ଅତିଶୀଘ୍ର କୃଷକମାନଙ୍କ ଅର୍ଥ ନମିଳେ ତାହାହେଲ କଂଗ୍ରେସ ଦଳ କୃଷକ ଆନ୍ଦୋଳନକୁ ଦୁର୍ବାର କରିବ। ଏହି ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ପ୍ରଦେଶ କିଷାନ ସେଲର ଅଧ୍ୟକ୍ଷ ଶ୍ରୀ ଅମିୟ କୁମାର ପଟ୍ଟନାୟକ ଏବଂ ପ୍ରଦେଶ କଂଗ୍ରେସ ମୁଖପାତ୍ର ଶ୍ରୀ ରଜନୀ କୁମାର ମହାନ୍ତି ଉପସ୍ଥିତ ଥିଲେ।

# ଆଂଚଳିକ ବରିଷ୍ଠ ନାଗରିକ ମଂଚ ଚଣ୍ଡିଖୋଲ ପକ୍ଷରୁ ସାଧାରଣ ବୈଠକ



ଦର୍ପଣ (ପି.ଏନ): ଆଂଚଳିକ ବରିଷ୍ଠ ନାଗରିକ ମଂଚ ଚଣ୍ଡିଖୋଲ ଆନୁକୁଲ୍ୟରେ ନରସିଂହପୁରଠାରେ ସାଧାରଣ ବୈଠକ ସଭାପତି ଶେଷଦେବ ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ବୈଠକରେ ମୁଖ୍ୟ ଅତିଥି ଭାବେ ଯାଜପୁର ଆରକ୍ଷୀ ଅଧିକ୍ଷକ ରାହୁଲ ପି.ଆର, ସମ୍ମାନିତ ଅତିଥି ଭାବେ ଧର୍ମଶାଳା ଥାନା ଆରକ୍ଷୀ ନିରିକ୍ଷକ ରାକେଶ ତ୍ରୀପାଠୀ , ଆଂଚଳିକ ବରିଷ୍ଠ ନାଗରିକ ମଂଚ ସାଧାରଣ ସମ୍ପାଦକ ହେମନ୍ତ କୁମାର ସାମଲ, କୋଷାଧ୍ୟକ୍ଷ ଚିତରଂଜନ ମହାପାତ୍ର, ଉପସଭାପତି କ୍ଷୀରୋଦ ମାହାଲା, ପଣ୍ଡିତ ବିଜୟ କୁମାର କର, ଲକ୍ଷ୍ମୀଧର ସାହାଣୀ ପ୍ରମୁଖ ଯୋଗ ଦେଇଥିଲେ। ଯାଜପୁର ଏସ.ପିଙ୍କୁ ବିରିଷ୍ଠ ନାଗରିକ ମଂଚର କାର୍ଯ୍ୟକର୍ତ୍ତାମାନେ ସଭାମଂଚକୁ ପାଛୋଟି ଆଣି ଉତରୀୟ ଓ ପୁଷ୍ପଗୁଛ ପ୍ରଦାନ କରିଥିଲେ। ବରିଷ୍ଠ ନାଗକରୀକମାନେ ଏଟି.ଏମ୍‌ରୁ ଟଙ୍କା ଉଠାଇବାକୁ ଯିବା ସମୟରେ ସାଇବର ଠକ ହାବୁଡ଼ରେ ପଡ଼ି ଏଟି.ଏମ୍‌ରୁ ଉଠାଇବା ଟଙ୍କା ଆଣିବା ପରେ ସାଇବର ଠକମାନେ ଅନ୍ୟ ସମସ୍ତ ଟଙ୍କାକୁ ଉଠାଇନେଇଯାଉଛନ୍ତି। ଯେଉଁଥିରେ ବରିଷ୍ଠ ନାଗରିକମାନେ ବଡ଼ ଅସୁବିଧାରେ ପଡୁଛନ୍ତି। ସାଇବର ଠକମାନେ ବ୍ୟାଙ୍କ ଜମାକାରୀଙ୍କୁ ମିଥ୍ୟା ଟେଲିଫୋନ୍ କରି ବ୍ୟାଙ୍କ ଅଫିସର କହୁଛି କହି ସେମାନଙ୍କ ଠାରୁ ବ୍ୟାଙ୍କ ଆକାଉଂଟ ନମ୍ବର, ଆଧାର ନମ୍ବର ଓ ଆଧାର ସହିତ ଫୋନ୍ ନମ୍ବର ଲିଙ୍କ ଅଛି ନା କଣ ପଚାରୁ ବ୍ୟାଙ୍କର ସେହି ଆକାଉଂଟରୁ ହରିଲୁଟ୍ କରିଚାଲିଛନ୍ତି। ସେଥିପାଇଁ ବରିଷ୍ଠ ନାଗରିକମାନେ ସାଇବର ଠକ ହାବୁଡ଼ରେ ନପଡ଼ିବା ପାଇଁ ସମସ୍ତଙ୍କୁ ଅନୁରୋଧ କରିଥିଲେ। ରାଜ୍ୟ ସରକାର ବରିଷ୍ଠ ନାଗରିକମାନଙ୍କୁ ସୁରକ୍ଷା ଦେବା ପାଇଁ ଯେଉଁ ନିୟମ ଲାଗୁ କରିଛନ୍ତି ସେ ନିୟମକୁ ସମସ୍ତ ପୋଲିସ ଅଧିକାରୀମାନେ ପାଳନ କରିବେ ବୋଲି ଏସ.ପି. ଶ୍ରୀ ରାହୁଲ ସମସ୍ତ ବରିଷ୍ଠ ନାଗରୀକମାନଙ୍କୁ ପ୍ରତିଶୃତି ଦେଇଥିଲେ। ସମ୍ମାନୀତ ଅତିଥି ଧର୍ମଶାଳା ଥାନାଧିକାରୀ ୮୦ବର୍ଷର ଉର୍ଦ୍ଧ ୬ଜଣ ବରିଷ୍ଠ ନାଗରୀକଙ୍କୁ ଉତରୀୟ ଓ ପୁଷ୍ପଗୁଛ ଦେଇ ସମ୍ବର୍ଦ୍ଧିତ କରିଥିଲେ। ଚଣ୍ଡିଖୋଲକୁ ସବ୍‌ଡ଼ିଭିଜନର ମାନ୍ୟତା ଦେବା ପାଇଁ ସରକାରଙ୍କ ନିକଟରେ ବରିଷ୍ଠ ନାଗରୀକ ମଂଚ ପକ୍ଷରୁ ଦୃଢ ଦାବୀ କରାଯାଇଅଛି। ଅନ୍ୟମାନଙ୍କ ମଧ୍ୟରେ ବ୍ରହ୍ମାନନ୍ଦ ଦାସ, ଶିବରାମ ସାହୁ, ପୂର୍ବତନ ପଂଚାୟତ ସମିତି ଅଧ୍ୟକ୍ଷ ନାରାୟଣ ଚନ୍ଦ୍ର ସାହୁ, ଜିଲ୍ଲା କ୍ରସର ମହାସଂଘ ସଭାପତି ଚନ୍ଦନ କୁମାର ନାୟକ, ଉପଦେଷ୍ଟା ଦୁଃଖିଶ୍ୟାମ ସାହୁ, ସନ୍ତୋଷ ବିଶ୍ୱାଳ, କ୍ରୀର୍ତନ ବେହେରା, ସେକ୍ କରାମତ୍ ଅଲ୍ଲୀ, ଯୋଗେନ୍ଦ୍ର ରାଉତ, ଅନନ୍ତ ଚରଣ ରାଉତ, ଈଶ୍ୱର ସାମଲ, କୃଷ୍ଣ ଚନ୍ଦ୍ର ଜେନା, ପୂର୍ଣ୍ଣଚନ୍ଦ୍ର ସାହାଣୀ, ନୃସିଂହ ସାମଲ ପ୍ରମୁଖ ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ। ନରସିଂହପୁର ଗ୍ରାମର ଅଧିବାସୀ ଓ ଯୁବକ ସଂଘର ସମସ୍ତ ଛାତ୍ର ଓ ଯୁବକମାନେ ଉତ୍ସବକୁ ସମ୍ପୂର୍ଣ୍ଣ ଭାବେ ସହଯୋଗ କରିଥିଲେ। ଶେଷରେ ଉପସଭାପତି ଖୀରୋଦ ମାହାଲା ଧନ୍ୟବାଦ ଅର୍ପଣ କରିଥିଲେ।

# ପୁରୀ ଜିଲ୍ଲାପାଳଙ୍କ ସହ ଓଜେୟୁର ସାକ୍ଷାତ ଆଲୋଚନା



ସମ୍ବଲପୁର (ପିଏନ୍): ପୁରୀ ଜିଲ୍ଲାପାଳ ସମର୍ଥ ବର୍ମାଙ୍କ ସହିତ ଓଡିଶା ସାମ୍ବାଦିକ ସଂଘ (ଓଜେୟୁ) ସମ୍ବଲପୁର ଜିଲ୍ଲା ଶାଖାର କର୍ମକର୍ତ୍ତାଙ୍କ ଗତ ଗୁରୁବାର ଏକ ଅନୌପଚାରିକ ସାକ୍ଷାତ ଆଲୋଚନା ହୋଇଥିଲା। ସଂଘର ସଦସ୍ୟଙ୍କ ପୁରୀ ଗସ୍ତ ବେଳେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ହୋଇଥିବା ଏହି ଆଲୋଚନାରେ ସମର୍ଥ ବର୍ମା ତାଙ୍କ ସମ୍ବଲପୁର ଜିଲ୍ଲାପାଳ ଥିବା ସମୟରେ ଆରମ୍ଭ ହୋଇଥିବା ବିଭିନ୍ନ ପ୍ରକଳ୍ପ ସମ୍ପର୍କରେ ସାମ୍ବାଦିକଙ୍କ ସହିତ ଆଲୋଚନା କରିଥିଲେ। ସଂଘର ଜିଲ୍ଲା ସାଧାରଣ ସମ୍ପାଦକ ସରୋଜ ସାହୁ, ରାଜ୍ୟ ଉପ ସଭାପତି ସୁଶାନ୍ତ ମହାପାତ୍ର, ବରିଷ୍ଠ ସଦସ୍ୟ ସାଧବ ପ୍ରଧାନ, ସନ୍ତୋଷ ସାହୁ, ସଞ୍ଜୟ ପାଗଡ଼, ପ୍ରଦୀପ ନାୟକ, ରବୀନ୍ଦ୍ର ପ୍ରଧାନ, ଦେବାଶିଷ ବେହେରା, ଆଦି ନନ୍ଦ, ମାନସ ସାହୁ, ସନ୍ଦୀପ ଶର୍ମାଙ୍କ ସମେତ ବରିଷ୍ଠ ସାମ୍ବାଦିକ ସୁଧାଂଶୁ ଶେଖର ମହାରଣା ସାମିଲ ଥିଲେ। ଏହି ଅବସରରେ ସଂଘ ପକ୍ଷରୁ ପୁରୀ ଜିଲ୍ଲାପାଳ ଶ୍ରୀ ବର୍ମାଙ୍କୁ ପୁଷ୍ପଗୁଚ୍ଛ, ସ୍ମୃତି ଫଳକ ଏବଂ ଉତ୍ତରୀୟ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରାଯାଇଥିଲା।

# ବିଡିଏ କଲୋନୀରେ ନଅକୁଣ୍ଡୀୟ ଗାୟତ୍ରୀ ମହାଯଜ୍ଞ

ଖୋର୍ଦ୍ଧା (ପିଏନ୍): ରବିବାର କାର୍ତିକ ଶୁକ୍ଳପକ୍ଷ ତ୍ରୟୋଦଶୀ ତିଥିରେ ସ୍ଥାନୀୟ ବକ୍ସି ଜଗବନ୍ଧୁ ନଗର ବିଡିଏ କଲୋନୀ ସ୍ଥିତ ଗାୟତ୍ରୀ ଶକ୍ତିପୀଠରେ ଊନବିଂଶତମ ବାର୍ଷିକ ନଅକୁଣ୍ଡୀୟ ଗାୟତ୍ରୀ ମହାଯଜ୍ଞ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଚନ୍ଦ୍ରଶେଖରପୁର ଗାୟତ୍ରୀ ଶକ୍ତିପୀଠର ସକ୍ରିୟ କାର୍ଯ୍ୟକର୍ତ୍ତା ନବଘନ ଶତପଥୀ ପ୍ରବଚକ ଭାବେ ଯୋଗଦେଇ ଯଜ୍ଞର ପୁଣ୍ୟଫଳ ସଂପର୍କରେ ବ୍ୟାଖ୍ୟା କରିଥିଲେ। ମନୁଷ୍ୟ ମନ୍ଦ ପ୍ରବୃତ୍ତି ଛାଡ଼ି ଭଲ ପ୍ରବୃତ୍ତି ଗ୍ରହଣ କରିବା ପାଇଁ ଗାୟତ୍ରୀ ଯଜ୍ଞ ପ୍ରେରିତ କରିଥାଏ। ମା' ଗାୟତ୍ରୀ ହେଲେ ବେଦମାତା। ତାଙ୍କର ଆରାଧନା ସକାରାତ୍ମକ ବାତାବରଣ ସୃଷ୍ଟି କରେ ବୋଲି ଶ୍ରୀ ଶତପଥୀ କହିଥିଲେ। ଅନ୍ୟତମ ପ୍ରବଚିକା ଆରାଧନା ଶତପଥୀ ଓ ଉପାସନା ଶତପଥୀ ପ୍ରବଚନ, ଗଳ୍ପ ଓ ସଂଗୀତ ମାଧ୍ୟମରେ ଆଧ୍ୟାତ୍ମିକତା ଓ ବିଜ୍ଞାନ ସଂପର୍କରେ ବ୍ୟାଖ୍ୟା କରିଥିଲେ। କଳିଯୁଗର କଳୁଷିତ ବାତାବରଣକୁ ଦୂର କରିବାରେ ମହିଳା ଓ ଯୁବପିଢି ପ୍ରମୁଖ ଭୂମିକା ଗ୍ରହଣ କରିବା ପାଇଁ ସେମାନେ ଉଦ୍‌ବୋଧନ ଦେଇଥିଲେ। ସ୍ଥାନୀୟ ବିଧାୟକ ଜିତୁ ମିତ୍ରଙ୍କ ସମେତ ହଜାର ହଜାର ଶ୍ରଦ୍ଧାଳୁ ଏହି ମହାଯଜ୍ଞରେ ଉପସ୍ଥିତ ରହିଥିଲେ। ପୂର୍ଣ୍ଣାହୂତି ସମୟରେ ଯଜ୍ଞସ୍ଥଳ ଲୋକାରଣ୍ୟ ହୋଇଯାଇଥିଲା। ଏହି ଅବସରରେ ଗାୟତ୍ରୀ ସତ୍ ସାହିତ୍ୟର ପ୍ରଦର୍ଶନ କରାଯାଇଥିଲା। ଏହାପରେ ସାମୂହିକ ପ୍ରସାଦସେବନ କାର୍ଯ୍ୟକ୍ରମ କରାଯାଇଥିଲା। ଏହି ମହାଯଜ୍ଞରେ ଶକ୍ତିପୀଠର ମୁଖ୍ୟ ପୁରୋଧା ଇଂ. ପ୍ରମୋଦ କୁମାର ପୃଷ୍ଟି, ଉଲ୍ଲାସ ପୃଷ୍ଟି, ରବୀନ୍ଦ୍ର କୁମାର ପଟ୍ଟନାୟକ, ବୈକୁଣ୍ଠ ସାହୁ, ଡ. ଗୌରୀଶଂକର ପ୍ରହରାଜ, ବିଦ୍ୟାଧର ରାଉତ, ସତ୍ୟବାଦୀ ବଳିଆରସିଂହ, ବିଦ୍ୟାଧର ଲେଙ୍କା, ଜୟନ୍ତ ମିଶ୍ର, ଶତ୍ରୁଘ୍ନ ବିଷୋୟୀ, ପ୍ରହଲ୍ଲାଦ ବାରିକ, ପ୍ରଦ୍ୟୁମ୍ନ ନାଟୁଆ, ସେବତୀ ଭୂୟାଁ, ବିପ୍ରଚରଣ ବେଉରା, ଗୌରାଂଗ ଚରଣ ମଣ୍ଡଳ, ପ୍ରମୋଦ କୁମାର ସାହୁ, ଦେବରାଜ ଜେନା, ସମରେନ୍ଦ୍ର ବଳିଆରସିଂହ ତଥା ଗାୟତ୍ରୀ ପରିବାର ଓ ପତଂଜଳି ଯୋଗପୀଠର ସମସ୍ତ ସଦସ୍ୟମାନେ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଅନୁଷ୍ଠିତ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଜିଲ୍ଲାପାଳ ଅମ୍ରିତ ଋତୁରାଜଙ୍କ ପୌରୋହିତ୍ୟରେ ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ଜିଲ୍ଲା ଖାଉଟି ସୁରକ୍ଷା ପରିଷଦର ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ ପିତାମ୍ବର ସାମଲ, ଉପଜିଲ୍ଲାପାଳ ନିରଞ୍ଜନ ବେହେରା, ଖାଉଟି ସୁରକ୍ଷା ପରିଷଦର ସଭାପତି, କେନ୍ଦ୍ରାପଡା ବିଧାୟକଙ୍କ ପ୍ରତିନିଧି, ପାଟକୁରା ବିଧାୟିକାଙ୍କ ପ୍ରତିନିଧି, ରାଜନଗର ବିଧାୟକଙ୍କ ପ୍ରତିନିଧି, କେନ୍ଦ୍ରାପଡା, ମହାକାଳପଡା, ଗରଦପୁର ବ୍ଲକ ଅଧ୍ୟକ୍ଷ, କେନ୍ଦ୍ରାପଡା ପୌରପରିଷଦର ଅଧ୍ୟକ୍ଷା, ମାପଯନ୍ତ୍ର ଓ ବଜାର ନିୟନ୍ତ୍ରଣର ଜିଲ୍ଲା ଓ ରାଜ୍ୟ ସ୍ତରୀୟ ଅଧିକାରୀ ଓ ଉପଭୋକ୍ତାମାନେ ଉପସ୍ଥିତ ରହି ଉକ୍ତ ବିଷୟରେ ପୁଙ୍ଖାନୁପୁଙ୍ଖ ଭାବେ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ପ୍ରାରମ୍ଭରେ ବୈଠକର ଆବାହକ ତଥା ଅତିରିକ୍ତ ଜିଲ୍ଲାପାଳ ଉପସ୍ଥିତ ସଦସ୍ୟଙ୍କୁ ସ୍ୱାଗତ ଜଣାଇବା ସହ ଖାଉଟି ସୁରକ୍ଷା ସମ୍ପର୍କରେ ବିଶେଷ ବିବରଣୀ ପ୍ରଦାନ କରିଥିଲେ। ଏଥିରେ ଖାଉଟି ସୁରକ୍ଷା ସଭାପତି ପ୍ରବୋଧ କୁମାର ଦାଶ କିପରି ଖାଉଟିଙ୍କ ସୁରକ୍ଷା ନିମନ୍ତେ ଜିଲ୍ଲା, ରାଜ୍ୟ ଓ କେନ୍ଦ୍ର ସ୍ତରରେ କମିଶନମାନ ଗଠନ କରାଯାଇଛି ଏବଂ ଜଣେ ସାଧାରଣ ଖାଉଟି ଏହାର ସଦୁପଯୋଗ କରି ନିଜର ହକ ପ୍ରାପ୍ତ କରିପାରିବ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ଏଥିସହ ସେ ଜଣେ ବୋଲେରୋ ହିତାଧିକାରୀ କିପରି ତାଙ୍କ ଗାଡିର ଚେଚିସ ଖରାପ ହୋଇଯିବାରୁ ସେ ମହିନ୍ଦ୍ରା କମ୍ପାନୀ ଠାରୁ ତାଙ୍କର କ୍ଷତିପୁରଣ ପାଇପାରିଲେ ଏକ ସୁନ୍ଦର ଉଦାହରଣ ମାଧ୍ୟମରେ ଘଟଣା ସମ୍ପର୍କରେ ବର୍ଣ୍ଣନା କରିଥିଲେ। ଏହା ପରେ ଓଜନ ଓ ମାପଯନ୍ତ୍ରର ଅଧିକାରୀ କିପରି ଭାବରେ ଜଣେ ହିତାଧିକାରୀ ହାତ ମାପ ଯନ୍ତ୍ର ଓ ଯାନ୍ତ୍ରିକ ମାପ ଯନ୍ତ୍ରର ଅନୀୟମୀତତାର ଠକାମିରେ ଶିକାର ନହେବ ସେ ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ। ଏହି ମର୍ମରେ ରାଜ୍ୟ ଉପଭୋକ୍ତା ଅଧ୍ୟକ୍ଷ ବଂଶୀଧର ଆଚାର୍ଯ୍ୟ କିପରି ଜଣେ ସାଧାରଣ ଉପଭୋକ୍ତା ଖାଦ୍ୟ ଦୂଷିତ କରଣ, ମାପ ଠକାମୀ ପରି ସମସ୍ୟାର ସମ୍ମୁଖୀନ ହେଉଛନ୍ତି ଏବଂ ଏଥିରୁ ନିସ୍ତାର ପାଇବା ପାଇଁ ଉପଭୋକ୍ତାମାନଙ୍କୁ ସଚେତନତା କରିବା ସହିତ ଶିକ୍ଷିତ କରିବା ଏବଂ ଅଧିକାରୀମାନଙ୍କୁ ନେଇ ପଞ୍ଚାୟତ ସ୍ତରରୁ ଆରମ୍ଭ କରି ଜିଲ୍ଲା ସ୍ତର ପର୍ଯ୍ୟନ୍ତ ତଦାରଖ କରିବାର ବ୍ୟବସ୍ଥା ରଖିବା ପାଇଁ ପ୍ରସ୍ତାବ ରଖିଥିଲେ। ଏହି ଆଲୋଚନାରେ ଖାଉଟି ସୁରକ୍ଷା ପରିଷଦ ସଦସ୍ୟ ଜୟଦେବ ସିଂ ପେଟ୍ରୋଲ ପମ୍ପରେ ଆବଶ୍ୟକୀୟ ବ୍ୟବସ୍ଥାର ବିଚ୍ୟୁତି, ରାସ୍ତାରେ ଯାଉଥିବା ତେଲ ଗାଡିରେ ତେଲ ଚୋରି ବିଷୟରେ ଦୃଷ୍ଟି ଆକର୍ଷଣ କରିଥିଲେ। ଗରଦପୁର ଅଧ୍ୟକ୍ଷ ଜେନେରିକ ଔଷଧର ପ୍ରକୃତ ମୂଲ୍ୟ ଏବଂ ମଦରେ ଦିଆଯାଉନଥିବା ରସିଦ ସମ୍ପର୍କରେ ଆଲୋକପାତ କରିଥିଲେ। ଏଥିସହ ଅନ୍ୟ ଉପସ୍ଥିତ ସଦସ୍ୟମାନେ ଆଲୋଚନାରେ ଭାଗନେଇ ଖାଉଟି ସୁରକ୍ଷା ଉପରେ ସେମାନଙ୍କର ସୁଚିନ୍ତିତ ମତାମତ ଦେବା ସହ କିପରି ଜିଲ୍ଲା, ରାଜ୍ୟ ଏବଂ କେନ୍ଦ୍ରରେ ଥିବା କମିଶନ ପରି ସଂସ୍ଥା ପଞ୍ଚାୟତ ଓ ବ୍ଲକ ସ୍ତରରେ ପ୍ରଚଳନ ହୋଇପାରିବ ଏବଂ ଜଣେ ସାଧାରଣ ଖାଉଟି ଯେପରି ଜିଲ୍ଲା ପର୍ଯ୍ୟନ୍ତ ନଯାଇ ତୃଣମୂଳ ସ୍ତରରେ ଏହାର ସଦୁପୋଯୋଗ କରିପାରିବ ତାହାର ସୁବ୍ୟବସ୍ଥା କରିବା ପାଇଁ ମତ ରଖିଥିଲେ। ରାଜ୍ୟରୁ ଆସିଥିବା ଯୁଗ୍ମ ସଚିବ ପ୍ରକାଶ କରିଥିଲେ ଯେ ଖାଉଟି ସୁରକ୍ଷାର ପ୍ରଚାର ଓ ପ୍ରସାର ନିମନ୍ତେ ଆବଶ୍ୟକୀୟ ଅର୍ଥ ସିକା ପକ୍ଷରୁ ଖୁବ ଶୀଘ୍ର ଯୋଗାଇ ଦିଆଯିବ। ଖାଦ୍ୟ ସୁରକ୍ଷା ଅଧିକାରୀ, ଉପଭୋକ୍ତାମାନେ କିପରି ସ୍ୱାସ୍ଥ୍ୟକର ଖାଦ୍ୟ ପଦାର୍ଥ ପାଇପାରିବେ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ବଜାର ନିୟନ୍ତ୍ରକ ଅଧିକାରୀ କଟକ ଜିଲ୍ଲାରେ ବିଭିନ୍ନ ଏନଫୋର୍ସମେଣ୍ଟ ସ୍କ୍ୱାର୍ଡ ଗଠନ କରି ଅସାଧୁ ଉପାୟରେ ଖାଦ୍ୟ ମହଜୁଦ କରି ଦରଦାମ ବୃଦ୍ଧି ରୋକିବା ପାଇଁ ବିଭିନ୍ନ ପଦକ୍ଷେପ ସମ୍ପର୍କରେ ବୈଠକରେ ଅବଗତ କରାଇଥିଲେ। ଏହି ବୈଠକରେ ଉପସ୍ଥିତ ଥିବା ଖାଉଟି ଓ ଅନ୍ୟ ସଦସ୍ୟମାନଙ୍କ ପ୍ରଶ୍ନର ଉତ୍ତର ଗୁଡିକୁ ଜିଲ୍ଲା ଓ ରାଜ୍ୟର ଅଧିକାରୀମାନେ ସୁନ୍ଦର ଓ ସରଳ ଭାବରେ ପ୍ରଦାନ କରିଥିଲେ। ଏହି ମର୍ମରେ ଜିଲ୍ଲା ଖାଉଟି ସୁରକ୍ଷା ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ ସମସ୍ତଙ୍କ କଥାକୁ ତର୍ଜମା କରି କିପରି ଜଣେ ଖାଉଟି ଭବିଷ୍ୟତରେ ଠକାମୀର ଶିକାର ନହେବ ଏବଂ ସଠିକ ପରିମାଣ ଓ ମାନର ଖାଦ୍ୟ ଖାଇ ଏକ ସୁସ୍ଥ ସମାଜ ଗଠନରେ ସହାୟକ ହେବା ସମ୍ପର୍କରେ ଗୁରୁତ୍ୱାରୋପ କରିଥିଲେ। ଶେଷରେ ବେସାମରିକ ଯୋଗାଣ ଅଧିକାରୀ ଧନ୍ୟବାଦ ଅର୍ପଣ କରିଥିଲେ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ

## ସମ୍ପାଦକୀୟ

**ଭୁବନେଶ୍ୱର, ୨୦୨୪, ଅପ୍ରେଲ ୨୭**

# ଯୁବନୀତିରେ ଛାତ୍ରୀଙ୍କୁ ଆତ୍ମରକ୍ଷା କୌଶଳ



ଯଶସ୍ୱିନୀ ପଟ୍ଟନାୟକ

ଓଡ଼ିଶାର ଲୋକପ୍ରିୟ ସରକାର ଛାତ୍ରଛାତ୍ରୀଙ୍କ ବିବିଧ କଲ୍ୟାଣ ପାଇଁ କାର୍ଯ୍ୟ କରୁଛନ୍ତି । ସେମାନଙ୍କ ପାଠପଢ଼ା ସହ ନିଜକୁ ସୁରକ୍ଷିତ ରଖିବା ସହ ସାମାଜିକ ସୁରକ୍ଷା ଦାୟିତ୍ୱର ଆହ୍ୱାନକୁ ଗ୍ରହଣ କରି ଆତ୍ମରକ୍ଷା କୌଶଳ ତାଲିମ ଦେବାର ବ୍ୟବସ୍ଥା ମଧ୍ୟ ହୋଇଛି । ନିକଟରେ ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ବିଭାଗ ଅନ୍ତର୍ଗତ ଉଭୟ ସରକାରୀ ଓ ଅନୁଦାନ ପ୍ରାପ୍ତ ମହାବିଦ୍ୟାଳୟର ପ୍ରଥମ ବର୍ଷର ଛାତ୍ରୀ ମାନଙ୍କୁ ଆରବିକ ତାଲିମ କୌଶଳ ଦିଆଯିବାର ବ୍ୟବସ୍ଥା ହୋଇଛି । ସୂଚନା ଥାଉକି ପ୍ରଥମ ଥର ଭାବେ ଆତ୍ମରକ୍ଷା କୌଶଳରେ ଏଭଳି ବ୍ୟବସ୍ଥାକୁ ଯୋଡ଼ା ଯାଇଛି । ପିଲାମାନଙ୍କୁ ଏହାସହ ବିଶେଷକରି ଛାତ୍ରୀମାନେ କିପରି ମାନସିକ ସ୍ତରରେ ଦକ୍ଷ ହେବେ ସେ ବ୍ୟବସ୍ଥା କରାଯାଉଛି । ଏହି ଦକ୍ଷତା କୌଶଳର ବିଭିନ୍ନ ବିଭାଗ କୁହାଯାଉଥିବା ମାଇଣ୍ଡ ଟୁ ମସଲ, ମସଲ ଟୁ ମାଇଣ୍ଡ, ଏନୋରବିକ, ଫ୍ଲେକ୍ସିବିଲିଟି ଓ ସେଲ୍ଫ ଡିଫେନ୍ସ ସ୍କିଲ ତାଲିମ ମିଳିବ । ପୁସଅପ୍ସ, ସ୍କ୍ୱାଟସ୍, ଲେଗ୍ କଲର୍ସ, ଲେଗ ଏକ୍ସଟେନ୍ସନ୍, ଚେଷ୍ଟ ପ୍ରେସ୍, ଥ୍ରି ଓ୍ୱେ ସୋଲଡର ଷ୍ଟ୍ରେବ ଭଳି ବିଷୟରେ ମଧ୍ୟ ଛାତ୍ରୀ ମାନଙ୍କୁ ଶିକ୍ଷା ଦିଆଯିବ ।

ଆତ୍ମରକ୍ଷା କୌଶଳ ତାଲିମକୁ ଅଧିକ ବ୍ୟବସ୍ଥିତ ଢ଼ଙ୍ଗରେ କରିବାକୁ ବିଭାଗ ପକ୍ଷରୁ ପ୍ରଥମ ପର୍ଯ୍ୟାୟରେ ୧୯୫ଟି କଲେଜରେ ଆତ୍ମରକ୍ଷା କୌଶଳ କ୍ଲବ ଗଠନ କରାଯିବା ସହ ସେହି କଲେଜ ଗୁଡ଼ିକୁ କ୍ଲବ ବାବଦରେ ୫୦ ହଜାର ଟଙ୍କା ଲେଖାଏଁ ପ୍ରଦାନ କରାଯିବ । ଏହି ଟଙ୍କାକୁ ସେହି କଲେଜ ଲାଇଟ, ସାଉଣ୍ଡ, ପ୍ରଶିକ୍ଷଣ ସ୍ଥାନ ବାବଦରେ ଅତିବେଶିରେ ୨୦% ଖର୍ଚ୍ଚ କରିବାକୁ ଥିବାବେଳେ ମାଷ୍ଟର ଟ୍ରେନର୍ରଙ୍କ ପାଇଁ ୨୦% ଛାତ୍ରୀଙ୍କ ଶକ୍ତି ବର୍ଦ୍ଧକ ପାନୀୟ ଓ ଫଳ ପାଇଁ ୨୦%, କ୍ଲବର ଆନୁସଙ୍ଗିକ ସାମଗ୍ରୀ ଓ ମ୍ୟାଟ ବାବଦରେ ଅତିବେଶିରେ ୩୦%, ଫାଷ୍ଟଏଡ଼ ଡକ୍ୟୁମେଣ୍ଟେସନ, ରିପୋର୍ଟ ପ୍ରସ୍ତୁତି ପରି କାର୍ଯ୍ୟ ପାଇଁ ୧୦% ଅର୍ଥ ଖର୍ଚ୍ଚ କରାଯାଇପାରିବ । ଜରୁରୀକାଳୀନ ପରିସ୍ଥିତିରେ ଅଡିଟ ସମେତ ଅନ୍ୟାନ୍ୟ କାର୍ଯ୍ୟ ପାଇଁ କଲେଜ କର୍ତ୍ତୃପକ୍ଷ ସମସ୍ତ ବିଲକୁ ନୋଡାଲ କାର୍ଯ୍ୟାଳୟରେ ଦାଖଲ କରିବେ । ଗତ ୨୦୨୩-୨୪ ଶିକ୍ଷା ବର୍ଷ ପାଇଁ ବିଭାଗ ପକ୍ଷରୁ ନିୟମ ମଧ୍ୟ ଜାରି ହୋଇଛି । ବ୍ୟବସ୍ଥା ଅନୁଯାୟୀ ଆତ୍ମରକ୍ଷା କ୍ଷେତ୍ରରେ ଆଗ୍ରହୀ ଥିା ଜଣେ ଅଧ୍ୟାପକଙ୍କୁ କାର୍ଯ୍ୟକ୍ରମର ନୋଡାଲ ଅଧିକାରୀ ଭାବେ ନିଯୁକ୍ତି ଦିଆଯିବ । ଆତ୍ମରକ୍ଷା କୌଶଳ କ୍ଲବର ରୂପରେଖ କଲେଜର ଅଧ୍ୟକ୍ଷ ପ୍ରସ୍ତୁତ ସହ କଲେଜରେ ମୋଟ କେତେଜଣ ଯୁକ୍ତ ୩ ପ୍ରଥମ ବର୍ଷ ଛାତ୍ରୀ ରହିଛନ୍ତି ତାହାର ତାଲିକା ପ୍ରଦାନ କରିବେ । ପ୍ରତି ଗ୍ରୁପରେ ୩୦ଜଣ ଲେଖାଏଁ ଛାତ୍ରୀ ରହିବେ । ରିପୋର୍ଟିଂ ଓ ପଞ୍ଜୀକରଣ ତାରିଖ ପ୍ରସ୍ତୁତ, ବିଭିନ୍ନ କାର୍ଯ୍ୟକଳାପ, କେଉଁ ଗ୍ରୁପର ତାଲିମ କେବେ ସରିବ, ଟ୍ରେନର / ରିସୋର୍ସ ପର୍ସନ / ଲେଡ଼ି ପିଇଟିଙ୍କ ନାମ କଲେଜ ଅଧ୍ୟକ୍ଷ ପ୍ରଦାନ କରିବେ । ଗ୍ରୁପ ଅନୁଯାୟୀ ବଜେଟ ପ୍ରସ୍ତୁତ, ସାଂସ୍କୃତିକ କାର୍ଯ୍ୟକ୍ରମର ପ୍ରମାଣ ଓ ଡକ୍ୟୁମେଣ୍ଟ କଲେଜ ଅଧ୍ୟକ୍ଷ ପ୍ରସ୍ତୁତ କରିବେ । କାର୍ଯ୍ୟକ୍ରମ ସରିବା ପରେ ଶିକ୍ଷାନୁଷ୍ଠାନ କର୍ତ୍ତୃପକ୍ଷ ଶିକ୍ଷାର୍ଥୀଙ୍କୁ ପ୍ରମାଣପତ୍ର ପ୍ରଦାନ କରିବେ । ବିଭାଗ ପକ୍ଷରୁ ଦିଆଯାଇଥବା ନିୟମାବଳୀ ଅନୁଯାୟୀ କାର୍ଯ୍ୟକ୍ରମ ସାରିବାକୁ ନିର୍ଦ୍ଦେଶ ଦିଆଯାଇଛି । ଉଚ୍ଚଶିକ୍ଷା ବିଭାଗ ସିଧାସଳଖ ଆତ୍ମରକ୍ଷା କୌଶଳ ତାଲିମର ମନିଟରିଂ କରିବ । ଅଧିକାରୀମାନେ ନିୟମିତ ବ୍ୟବଧାନରେ ବିଭିନ୍ନ କଲେଜକୁ ଗସ୍ତ କରି କ୍ଲବ ଦ୍ୱାରା କରାଯାଉଥିବା ବିଭିନ୍ନ କାର୍ଯ୍ୟକଳାପର ତଦାରଖ କରିବେ । ସୂଚନାଥାଉକି ଯେ ୨୦୧୩ରେ ରାଜ୍ୟ ସରକାରଙ୍କ ଯୁବନୀତିରେ ଛାତ୍ରୀଙ୍କୁ ଆତ୍ମରକ୍ଷା କୌଶଳ ତାଲିମ ଦେବାର ବ୍ୟବସ୍ଥା ହୋଇଥିଲା । ଯୁକ୍ତ୨ ସମେତ ଯୁକ୍ତ ୩ କଲେଜ ପ୍ରଥମ ବର୍ଷ ଛାତ୍ରୀଙ୍କୁ ତାଲିମ ଦିଆଯିବାର ନିୟମ ରହିଛି । ଛାତ୍ରୀଙ୍କ ଶାରୀରିକ ଓ ମାନସିକ ସାମର୍ଥ୍ୟ ବୃଦ୍ଧି କରିବ, ଛାତ୍ରୀଙ୍କ ସହ ସମକକ୍ଷ କରିବା, ଛାତ୍ରୀଙ୍କ ଶକ୍ତି ବଢ଼ାଇବା ପାଇଁ ବିଭାଗ ପକ୍ଷରୁ ଆତ୍ମରକ୍ଷା ପ୍ରଶିକ୍ଷଣ ଦେବାକୁ ଲକ୍ଷ୍ୟ ରଖାଯାଇଛି । ଦିନକୁ ଦିନ ସାମାଜିକ କ୍ଷେତ୍ରରେ ଆମ ଝିଅମାନେ ଅନେକ ପ୍ରତିକୂଳ ପରିସ୍ଥିତିକୁ ସାମ୍ନା କରୁଥିବାରୁ ଏବଂ ସେମାନଙ୍କ ନିତିଦିନିଆ ଜୀବନରେ ଆତ୍ମରକ୍ଷା ବ୍ୟବସ୍ଥାକୁ ଆହୁରି ସୁଦୃଢ଼ କରିବା ପାଇଁ ସରକାରଙ୍କ ଏହି ସମୟୋପଯୋଗୀ ନିଷ୍ପତ୍ତିକୁ ସବୁ ମହଲରେ ପ୍ରଶଂସା କରାଯାଉଛି । ଭାରତରେ ମହାରାଷ୍ଟ୍ର, ନୂଆଦିଲ୍ଲୀ, ଗୁଜୁରାଟ, ଉତ୍ତର ପ୍ରଦେଶ ପରି ବିଭିନ୍ନ ରାଜ୍ୟରେ ଏହି ବ୍ୟବସ୍ଥା ଗ୍ରହଣ କରାଯାଇଥିବାବେଳେ ଓଡ଼ିଶା ସରକାର କିନ୍ତୁ ଆଉ ପାଦେ ଆଗକୁ ଯାଇ ଆତ୍ମରକ୍ଷା କୌଶଳ କ୍ଲବ ଗଠନ ସହ ଅନ୍ୟାନ୍ୟ ଉତ୍ସାହଜନକ ସହଯୋଗଭିତ୍ତିକ କାର୍ଯ୍ୟକ୍ରମର ଦାୟିତ୍ୱ ହାତକୁ ନେଇଛନ୍ତି । ଆମ ସମୟରେ ସାମାଜିକ କ୍ଷେତ୍ରରେ ଅନେକ ସମୟରେ ଝିଅମାନେ କେବଳ ନିଜ ସୁରକ୍ଷା ନୁହେଁ ଆଖି ସାମ୍ନାରେ ସଂଗଠିତ କୌଣସି ଅସହାୟ ପରିସ୍ଥିତିକୁ ମୁକାବିଲା କରିବା ପାଇଁ ପଛଘୁଞ୍ଚା ଦେଇଥାନ୍ତି । ଏ ସଂକ୍ରାନ୍ତୀୟ ଅନେକ ଖବର ଗଣମାଧ୍ୟମରେ ମଧ୍ୟ ପ୍ରକାଶ ପାଉଛି । ତେଣୁ ଆମ ଝିଅମାନେ ଆତ୍ମରକ୍ଷା କୌଶଳ ତାଲିମରେ ଜଣେ ଜଣେ ପ୍ରଶିକ୍ଷିତା ଯୋଦ୍ଧା ଭାବେ କାର୍ଯ୍ୟ କରିବେ । କେବଳ ନିଜ ବା ବନ୍ଧୁବର୍ଗ ବା ପରିବାରର ନୁହଁ ସର୍ବୋପରି ସମାଜର ସୁରକ୍ଷା ଦାୟିତ୍ୱରେ ଯେଉଁ କ୍ରାନ୍ତିକାରୀ ଭୂମିକା ଗ୍ରହଣ କରିବେ ଏହି ପ୍ରସଙ୍ଗରେ ମନେପଡ଼ିଯାଉଛି ବୀରାଙ୍ଗନା ଲକ୍ଷ୍ମୀବାଇଙ୍କ କଥା । ଜୀବନ ଯୁଦ୍ଧରେ ଅନେକ ଝିଅ ମାନଙ୍କୁ ଅସହାୟ ବା ଅବଳା ଦୁର୍ବଳା ଭାବିବାର ଆଉ ସମୟ ହିଁ ନାହିଁ । ଦିନକୁ ଦିନ ଆମ ସାମାଜିକ ବ୍ୟବସ୍ଥା ସୁଦୃଢ଼ ହେଉଛି ଏ କ୍ଷେତ୍ରରେ ସରକାର ସମ୍ପୂର୍ଣ୍ଣ ସହଯୋଗ ଓ ପ୍ରୋତ୍ସାହନର ଦାୟିତ୍ୱ ମଧ୍ୟ ନିର୍ବାହ କରୁଛନ୍ତି ଏବଂ ଆମ ସମସ୍ତଙ୍କର ଏ କ୍ଷେତ୍ରରେ ପ୍ରେରଣାର ସହଯୋଗ ଭିତ୍ତିକ ଗୁରୁଦାୟିତ୍ୱ ମଧ୍ୟ ରହିଛି । କାରଣ ଏବେ ବି ସମାଜରେ କୌଣସି ଏକ କ୍ଷେତ୍ରରେ ଝିଅଟିର ଅସହାୟ ଚିତ୍ରକୁ ଅନ୍ୟମାନେ ଏକ ତାମସାର ଦର୍ଶକ ଭାବେ ମୁକସାକ୍ଷୀ ଭାବେ ଦେଖୁଥିବାର ଉଦାହରଣ ମଧ୍ୟ ରହିଛି । ଯାହାକି ସମାଜବିତ ଓ ଆମ ସମସ୍ତଙ୍କ ପାଇଁ ଛାତି ଥରାଇ ଦେବାପରି ଅଘଟଣ ଠାରୁ କମ ନୁହଁ । ତେଣୁ ଆମ ଝିଅମାନେ ନିଜେ ସୁରକ୍ଷିତ ରହିବା ସହ ଆମ ସମାଜର ସୁରକ୍ଷା ଦାୟିତ୍ୱକୁ ହାତକୁ ନେବା କମ ଗୌରବର କଥା ନୁହେଁ । କଲ୍ୟାଣମୟୀ ଆମ ସୁନା ଝିଅ ମାନଙ୍କୁ ମୋର ଅନେକ ଶୁଭେଚ୍ଛା ଓ ଆଶୀର୍ବାଦ ସହିତ ସହଯୋଗ ଭଲପାଇବା ରହିଥିଲା, ରହିଛି ଆଉ ରହିବ ମଧ୍ୟ ।

*ଅଧ୍ୟକ୍ଷା, ନାଳନ୍ଦା ପବ୍ଲିକ ସ୍କୁଲ,*
*ସେକ୍ଟର-୮, ସିଡିଏ, କଟକ*

# ଅଗ୍ନିସତ୍ତା ...ଧର୍ମୀୟ ଓ ବୈଜ୍ଞାନିକ ପ୍ରବାହ



ଡ.ଇଂ.ସୟ କୁମାର ପଣ୍ଡା

ଓଁ ଅଗ୍ନିମୀଳେ ପୁରୋହିତଂ ଯଜ୍ଞସ୍ୟ ଦେବମୃତ୍ୱିଜମ୍ ।
ହୋତାରଂ ରତ୍ନଧାତମଂ ।୧।
ଅଗ୍ନିଃ ପୂର୍ବେ ଭିର୍ଋଷିଭିରୀଡ୍ୟୋ ନୂତନୈରୁତ ।
ସ ଦେବାଁ ଏହ ବକ୍ଷତି ।୨।
ଅଗ୍ନିନାଂ ରୟି ମଶ୍ନବତ୍ ଶୋଷମେବ ଦିବେ ଦିବେ ।
ଯଶସଂ ବୀରବତ୍ତମମ୍ ।୩।
ଅଗ୍ନେ ଯଂ ଯଜ୍ଞମଧ୍ୱରଂ ବିଶ୍ୱତଃ ପରିଭୂରସି ।
ସ ଇଦ୍ଦେବେଷୁ ଗଛତି ।୪।
(ଋଗ୍‌ବେଦ, ସୂକ୍ତ – ୧, ମଧୁଚ୍ଛନ୍ଦା ବୈଶ୍ୱାମିତ୍ର ଋଷି, ଅଗ୍ନି ଦେବତା, ଗାୟତ୍ରୀ ଛନ୍ଦଃ)

ଭାବାର୍ଥ ଆମେ ଏହି ଅଗ୍ନି ଦେବତାଙ୍କୁ ଆରାଧନା କରୁଛୁ ଯେ କି ଯଜ୍ଞକର୍ମର ପୁରୋହିତ ବା ପ୍ରୋତ୍ସାହକ, ଦେବତା କିମ୍ବା ଅନୁଦାନକାରୀ, ଋତ୍ୱିକ୍ ଅଥବା ଯଜ୍ଞ ସମ୍ପାଦନକରୀ, ହୋତା ବା ଦେବ ଆବାହକ ଏବଂ ଯାଜକଙ୍କ ରତ୍ନ ପ୍ରାପ୍ତିକାରୀ ଅଟନ୍ତି । ଏହି ଅଗ୍ନି ଦେବତା ଭୃଗୁ, ଅଙ୍ଗିରାଙ୍କ ଦ୍ୱାରା ପ୍ରଶଂସିତ, ବେଦଜ୍ଞ ଋଷିମାନଙ୍କ ଦ୍ୱାରା ପୂଜ୍ୟ ଅଟନ୍ତି । ଅଗ୍ନିଦେବତା ସର୍ବଦା ଯଜମାନଙ୍କ ଧନ, ଜନ, ଗୋପ, ଲକ୍ଷ୍ମୀ ବୃଦ୍ଧି କରିବାରେ ସହାୟକ ହୋଇଥାନ୍ତି । ଅଗ୍ନିଦେବତା ପଂଚଭୂତର ଅନ୍ୟତମ ଶ୍ରେଷ୍ଠ ଉପାଦାନ ହୋଇଥିବାରୁ ମାନବୀୟ ସଭ୍ୟତାର ଆଦି ପୂଜ୍ୟ ଏହା ନିଃସନ୍ଦେହ । ପ୍ରାଚୀନକାଳରୁ ଜୀବସତ୍ତା ସହ ଅଗ୍ନିର ସମ୍ବନ୍ଧ ନଖ ମାଂସର ସମ୍ପର୍କ ପରି ଏକ ଓ ଅଭିନ୍ନ । ପ୍ରସ୍ତର ଯୁଗରେ ମନୁଷ୍ୟର ଗ୍ରାମ୍ୟ ଅରଣ୍ୟ ସଭ୍ୟତା ଅଗ୍ନି ସହ ସହାବସ୍ଥାନ ହେତୁ ପରିପୁଷ୍ଟ ଓ କ୍ରମଃବିବର୍ଦ୍ଧିତ । ସଭ୍ୟତାର ଅଗ୍ରସର ହେତୁ ଅଗ୍ନିର ପ୍ରୟୋଗ ସହଜଶୀଳ ଜୀବନ ଅତିବାହିତର ମାର୍ଗ ପ୍ରଶସ୍ତିତ କଲା । ଆଦିବାସୀ ସଭ୍ୟତାରେ ନିଜକୁ ଅଭୟ ରଖିବା ଅଭିପ୍ରାୟେ ମାନବ ପଂଚଭୂତକୁ ପୂଜା କରିବା ଆରମ୍ଭ କଲା । ପ୍ରକୃତି ପଂଚଭୂତକୁ ନେଇ ନିଜର ଉପସ୍ଥିତି ଏ ବ୍ରହ୍ମାଣ୍ଡରେ ଅବସ୍ଥାପିତ କରିଥିବାରୁ ମାନବ ସଭ୍ୟତା ସର୍ବଦା ପ୍ରକୃତ୍ୟାଶ୍ରୟୀ । ପ୍ରକୃତିର ସଦୁପଯୋଗ ଜୀବନକୁ ଆହ୍ଲାଦିତ କରୁଥିବା ବେଳେ ଏହାର ଅପବ୍ୟବହାର ପ୍ରଳୟର ତାଣ୍ଡବ ସୃଷ୍ଟି କରିଥାଏ । ଶରୀର ତତ୍ତ୍ୱ ପ୍ରକୃତିର ପ୍ରତ୍ୟେକ ଉପାଦାନ ସହ ସମ୍ମିଳିତ ହୋଇଥିବାରୁ ଏହାର ଚାରିତ୍ରିକ ବ୍ୟବହାର ସହ ଯଥେଷ୍ଟ ସାମସ୍ୟ ରହିଛି । ଶରୀରରେ ଯୁକ୍ତାତ୍ମକ କିମ୍ବା ବିଯୁକ୍ତାତ୍ମକ ଚେତନା ଜାଗ୍ରତର କାରଣ ପ୍ରକୃତି ହିଁ ହୋଇଥାଏ । ବିବର୍ତ୍ତନବାଦର ପ୍ରବାହଧାରାରେ ଜୈବିକ ବିଶ୍ଳେଷଣ ଓ ରୂପାନ୍ତରିକରଣ ନୂତନ ଚେତନା ଓ ଚରିତ୍ର ସୃଷ୍ଟି କରୁଥିବା ବେଳେ ଏହାର ପ୍ରଭାବ ପ୍ରକୃତି ଉପରେ ପଡିବା ପରି ପ୍ରକୃତିର ତତୋଧିକ ପ୍ରଭାବ ଶରୀର ତତ୍ତ୍ୱ ଉପରେ ଯଥେଷ୍ଟ ପଡିଥାଏ । ସାମାଜିକ ବିଧି ବ୍ୟବସ୍ଥା ଆଚରଣ ସଂହିତା ଓ ଭୌଗଳିକ ଅବସ୍ଥିତି ମାନବୀୟ ସଭ୍ୟତାର ମୁଖ୍ୟ ବାହକ ହୋଇଥାଏ । ଏହି କ୍ରମେ ଅନ୍ୟାନ୍ୟ ପଂଚଭୂତ ଉପାଦାନ ପରି ଅଗ୍ନିର ଉପସ୍ଥିତି ଓ ତା'ର ବ୍ୟବହାରିକତା ମାନବ ସଭ୍ୟତାକୁ ଉତ୍‌ଫୁଲ୍ଲିତ କରିବା ସହ ବିକାଶର ମୁଖ୍ୟ ସୂତ୍ରଧର ହୋଇଥାଏ । ଜଳ ସଦୃଶ୍ୟ ଅଗ୍ନିର ବିଶୋଧନ ଗୁଣାବଳୀ ଏ ସମାଜକୁ ନିତ୍ୟ ନୂତନ ଜୀବନ ପ୍ରଦାନ କରୁଛି । ବିଶ୍ୱବ୍ରହ୍ମାଣ୍ଡ ସୃଷ୍ଟି ପ୍ରଥମେ ଜଳରୁ ସୃଷ୍ଟି ହୋଇଥରବା ବୈଦିକ ବର୍ଣ୍ଣନା ଥିବାବେଳେ ଉଭୟ ଜଳ ଓ ଅଗ୍ନି ପରସ୍ପରର ପରିପୂରକ ହେବା ନିଶ୍ଚିତ । ଜଳରୁ ଅଗ୍ନିର ଓ ଅଗ୍ନିରୁ ଜଳର ସୃଷ୍ଟି ସିଦ୍ଧାନ୍ତ ବୈଦିକ ସଂହିତାର ଉପଜୀବ୍ୟ ଥିବାବେଳେ ଏହାର ପ୍ରମାଣ ମଧ୍ୟ ବିଜ୍ଞାନରେ ଯଥେଷ୍ଟ ଉପଲବ୍ଧ । ଜଳକୁ ସ୍ଫୁଟନାଙ୍କ ତାପମାତ୍ରା ଠାରୁ ଯଥେଷ୍ଟ ଅଧିକ ଗରମ କରିଲେ ଜଳରେ ଥିବା ଉଦ୍‌ଯାନ ଓ ଅମ୍ଳଜାନର ବିଭାଜିକରଣ ହୋଇଥାଏ । ଏହି ଦୁଇ ରାସାୟନିକ ପଦାର୍ଥ ଜ୍ୱଳନଶୀଳ ଥିବାରୁ ବାୟୁଚାପ ସଂସ୍ପର୍ଶରେ ଆସି ବିସ୍ଫୋରଣ ସୃଷ୍ଟି କରନ୍ତି, ଯାହାକି ପରମାଣୁ ରିଏକ୍ଟର କେନ୍ଦ୍ରରେ ଦେଖାଯିବାର ସମ୍ଭାବନା ଯଥେଷ୍ଟ । ଚେର୍ଣ୍ଣୋବିଲ ଓ ଫୁକୁସିମା ପରମାଣୂ ରିଏକ୍ଟର ବିସ୍ଫୋରଣ ଏହାର ସଦ୍ୟ ଉଦାହରଣ । ଦ୍ରବ୍ୟ, ଧାତୁ, ଶରୀର ମାନଓ, ପୃଥିବୀର ରସାୟନ ପଦାର୍ଥ ଓ ଅନ୍ୟ ଉପାଦାନର ବିଶୋଧନ ରୂପେ ଅଗ୍ନି ପରିଚିତ । ବୈଜ୍ଞାନିକ ମତବାଦ ଅନୁସାରେ ପ୍ରାୟ ୪୭୦୦ ଲକ୍ଷ ବର୍ଷ ପୂର୍ବରୁ ମଧ୍ୟ ଯୁଗରେ ଅଗ୍ନିର ଉପସ୍ଥିତି ଜ୍ଞାତ ହେଲା । ଏହି ଯୁଗରେ ଭୂପୃଷ୍ଠର ବୃକ୍ଷରାଜି ଦ୍ୱାରା ନିର୍ଗତ ଅମ୍ଳଜାନ ବାୟୁମଣ୍ଡଳରେ ଗଚ୍ଛିତ ହେବାକୁ ଲାଗିଲା । ଏହା ଯେତେବେଳେ କ୍ରମଶଃ ବୃଦ୍ଧି ପାଇ ବାୟୁମଣ୍ଡଳର ସଂକେନ୍ଦ୍ରଣ ୧୩%କୁ ବୃଦ୍ଧି ପାଇଲା, ସେତେବେଳେ ଅରଣ୍ୟ ଅଗ୍ନିର ସୃଷ୍ଟି ହେଲା ଯାହାକି ୪୨୦୦ଲକ୍ଷ ବର୍ଷ ରୂପେ ରେକର୍ଡ କରାଗଲା । ଏହା ଜାଳେଣୀ କାଠ ବୃକ୍ଷର ଜୀବାଶ୍ମରୁ ପ୍ରମାଣିତ ହୋଇଛି । ଏହା ସହ ୬୦ ରୁ ୭୦ ଲକ୍ଷ ବର୍ଷ ପୂର୍ବେ ଘାସର ପ୍ରଚୁର ଉପସ୍ଥିତି ହେତୁ ଅମ୍ଳଜାନ ବିକିରଣର ମାତ୍ରା ବୃଦ୍ଧି ହେବା ସହ ପରିବେଶକୁ ପ୍ରଭାବିତ କରିଥିଲା । ଏହିଘାସ ମଧ୍ୟ ଅତ୍ୟଧିକ ଅଗ୍ନି ସୃଷ୍ଟିର କାରଣ ହୋଇଥିଲା । [Jones, Timothly Petal (1991), Fossil charcoal, its recognition and palacoatmospheric significanance, paleography, 97(1-2) ; 39-50]

ଏହି ଅଗ୍ନିର ମାନବୀୟ ବ୍ୟବହାର ୧୦ଲକ୍ଷ ବର୍ଷ ପୂର୍ବେ ଆରମ୍ଭ ହୋଇ ଖାଦ୍ୟ ପ୍ରସ୍ତୁତୀକରଣ ହେଲା । ଖାଦ୍ୟ ପ୍ରସ୍ତୁତି ସହ ଶକ୍ତି ଓ ଆଲୋକର ଉଦ୍ଭାବନରେ ଅଗ୍ନି ସହାୟକ ହେଲା । ଫଳରେ ଶୀତରୁ ରକ୍ଷା ପାଇବାରେ ମଧ୍ୟ ବ୍ୟବହୃତ ହେଲା । ଅଗ୍ନି ବ୍ୟବହାର ବୃଦ୍ଧି ପାଇବାରୁ ମାନବ ସଭ୍ୟତା ବିକାଶ ହେବା ସହ ପରିବେଶ ପ୍ରଦୂଷଣ ମଧ୍ୟ ପ୍ରଶସ୍ତ ହେଲା । ପୁନଶ୍ଚ ଶିଳ୍ପ, ଯୁଦ୍ଧ, ଯାନ୍ତ୍ରିକଯାନ, ଘରୋଇ ବ୍ୟବହାର, ପରମାଣୁ କେନ୍ଦ୍ର ଆଦିରେ ଅଗ୍ନିର ବ୍ୟବହାର ମାନବ ସଭ୍ୟତାକୁ ଯେତେ ବିକଶିତ କଲା, ଏହାର ଦୁର୍ବ୍ୟବହାର ବିନାଶ ଦିଗକୁ ମଧ୍ୟ ଆମନ୍ତ୍ରଣ କଲା । ଅଗ୍ନିର ଯଥେଷ୍ଟ ବ୍ୟବହାର ପ୍ରଦୂଷଣ ମାତ୍ରାକୁ ବହୁଗୁଣିତ କରିବାରୁ ଅନେକ ବିପରୀତ ପ୍ରଭାବରେ ଜର୍ଜ୍ଜରିତ ମାନବ ସମାଜ । ଏ ସବୁରୁ ରକ୍ଷା ପାଇବା ପାଇଁ ଅଗ୍ନି ପରି ସମସ୍ତ ପଂଚଭୂତର ସନ୍ତୁଳିତ ବ୍ୟବହାର ନିତାନ୍ତ ଆବଶ୍ୟକ । ଏହା ବ୍ୟତିରେକ ସମାଜ ଭସ୍ମୀଭୂତ ହେବା ଥୟ । ଜଳ ତତ୍ତ୍ୱ ସହ ଅଗ୍ନିରେ ସର୍ବୋପରି ପଂଚଭୂତର ସନ୍ତୁଳନ ନିତାନ୍ତ ଆବଶ୍ୟକ । ସନ୍ତୁଳିତ ପରିବେଶରେ ଜଙ୍ଗଲ. ଉରୁଭୂମି, ହିମାଚଂଳ ସବୁ ସନ୍ତୁଳିତ ଥିଲା । କୌଣସି ଅଚଂଳରେ ଜଙ୍ଗଲ କାଟି ମରୁଭୂମିରେ ଜଙ୍ଗଲ ସୃଷ୍ଟି କଲେ ଜଳବାୟୁ ପରିବର୍ତ୍ତନ ଅବଶ୍ୟମ୍ଭାବୀ । ଋତୁଚକ୍ର ପ୍ରଭାବିତ ହେଲେ କେଉଁଠି ହିମାଚଂଳ ସୃଷ୍ଟି ହେବ ତ' କେଉଁଠି ହିମ ତରଳି ଯିବ । ଗ୍ରୀଷ୍ମ ଓ ବର୍ଷାର ପ୍ରଭାବ ମଧ୍ୟ ବଦଳି ଯିବ, ଫଳରେ ବିନାଶ ହିଁ ବିନାଶ ହେବ । ଅତଏବ ଭୂତତ୍ତ୍ୱ ସର୍ବଦା ସନ୍ତୁଳିତ ହେବା ବିଧେୟ । ଧର୍ମୀୟ ଧାରା ସିଦ୍ଧାନ୍ତ ଅନୁସାରେ ଅଗ୍ନିର ଯଥେଷ୍ଟ ଗୁରୁତ୍ୱ ଦେବତା ମାନ୍ୟତା ଭାବେ ରହିଛି । ପୌରାଣିକ ତଥ୍ୟ ଅନୁସାରେ ପ୍ରଜାପିତା ବ୍ରହ୍ମାଙ୍କ ସନ୍ତାନ ଅଟନ୍ତି ଅଗ୍ନି ଓ ତାଙ୍କର ଜମଜ ଭ୍ରାତା ହେଉଛନ୍ତି ଇନ୍ଦ୍ର ଓ ଭଗ୍ନୀ ଅଟନ୍ତି ଲୁନା । ସ୍ୱାହା ତାଙ୍କର ସ୍ତ୍ରୀ ଥିବାବେଳେ ତିନିପୁତ୍ର ଯଥା – ପାବକ, ପବମାନକ ଓ ସୂଚି ଅଛନ୍ତି । ଅଗ୍ନିଙ୍କର ୪୫ଜଣ ପୌତ୍ର ଥିବାବେଳେ ଏ ସମସ୍ତଙ୍କ ନାମ ଅଗ୍ନିଙ୍କ ବିଭିନ୍ନ ବ୍ୟବହାରିକ ନାମ ସହ ସଂଯୋଗିତ ।

ଅଗ୍ନି ପ୍ରଜାପତି ବ୍ରହ୍ମାଙ୍କ କପାଳରୁ ଜନ୍ମିତ ହୋଇଥିଲେ । ଅଗ୍ନିଙ୍କୁ ସାତଜିହ୍ୱା, ତିନିପାଦ, ଚତୁଃସିଙ୍ଘ, ସପ୍ତହସ୍ତ ଓ ଦ୍ୱି ମସ୍ତକ ଯୁକ୍ତ ଦେବତା ରୂପେ ବିବେଚନା କରାଯିବା ସହ ମେଷ କିମ୍ବା ଅଶ୍ୱ ତାଙ୍କର ବାହନ ହୋଇଥାନ୍ତି । ଅଗ୍ନିଙ୍କ ଏକ ମସ୍ତକ ଅମରତ୍ୱ ଓ ଅନ୍ୟ ଏକ ମସ୍ତକ ସାମାନ୍ୟ ଜୀବନର ସଙ୍କେତ ବହନ କରୁଥାଏ । ଏହା ଇନ୍ଦ୍ର ଓ ବରୁଣ, ଭଗବାନ ଓ ମାନବ ଏବଂ ଆକାଶ ଓ ପୃଥିବୀ ସହ ସଂଯୋଗକୁ ପ୍ରତୀକ ରୂପେ ବର୍ଣ୍ଣିତ । ସାତ ଜିହ୍ୱା ଯଜ୍ଞରେ ଘୃତ ଓ ସମର୍ପିତ ପବିତ୍ର ଶାକଲ୍ୟ ବସ୍ତୁ ଗ୍ରହଣ ପାଇଁ ନିୟୋଜିତ ଏବଂ ସାତହସ୍ତ, ସପ୍ତଅଗ୍ନି ସ୍ୱରୂପ ଅଟନ୍ତି ।

ଅଗ୍ନିଙ୍କ ତିନୋଟି ଜନ୍ମ ପୌରାଣିକ ବର୍ଣ୍ଣନାରେ ରହିଛି । ପ୍ରଥମ ଜନ୍ମ ଆକାଶରେ ବିଜୁଳି ଭାବେ, ଦ୍ୱିତୀୟ ଜନ୍ମ ପୃଥିବୀରେ ଜାତବେଦ ଭାବେ ଓ ତୃତୀୟ ଜନ୍ମ ଜଳଭାବରେ ହୋଇଛି । ଜାତବେଦଙ୍କୁ ଯଜ୍ଞକାର୍ଯ୍ୟରେ ପୂଜା କରାଯାଏ । ଏହା ସହିତ ସୂର୍ଯ୍ୟ କିରଣରୁ ଯବକାଚ ମାଧ୍ୟମରେ କିମ୍ବା କାଷ୍ଠ ଘର୍ଷଣରେ ଅଗ୍ନିଜାତ କରାଯାଇ ଏକ କୁଶକୁ ଜଳାଇ ହୋମକୁଣ୍ଡ ଚତୁଃ ପାର୍ଶ୍ୱରେ ପ୍ରଦକ୍ଷିଣ କରାଯାଇ ଜଳ ସିଂଚନ କରାଯାଇ କ୍ରବ୍ୟାଦ ଅଗ୍ନିଙ୍କୁ ପୂଜା କରାଯାଏ । କ୍ରବ୍ୟାଦ ଅଗ୍ନିଙ୍କ ବ୍ୟବହାର ଶ୍ମଶାନରେ ଓ ପିତୃ ଯଜ୍ଞରେ ବ୍ୟବହାର କରାଯାଏ ।

ପୌରାଣିକ କିମ୍ବଦନ୍ତୀ ଅନୁଯାୟୀ ଏକ ଯଜ୍ଞରେ ଅଗ୍ନି ଓ ସପ୍ତର୍ଷି ଆଦି ଯୋଗ ଦେଇଥିଲେ । ସପ୍ତର୍ଷିଙ୍କ ସହଧର୍ମିଣୀମାନେ ଯୋଗ ଦେଇଥିଲେ । ପୂର୍ବରୁ ଦକ୍ଷରାଜାଙ୍କ କନ୍ୟା ସ୍ୱାହା ଅଗ୍ନିଙ୍କୁ ପାଇବା ଆଶାରେ ଛଦ୍ମବେଶରେ ଅଙ୍ଗିରାଙ୍କ ସ୍ତ୍ରୀ ଭାବେ ଆସିଥିଲେ ଓ ନିଜର ରୂପରେ ଅଗ୍ନିଙ୍କୁ ବିମୋହିତ କରିଥିଲେ । ପରେ ସେ ବଶିଷ୍ଠଙ୍କ ସ୍ତ୍ରୀ ଅରୁନ୍ଧତୀ ରୂପେ ଛଦ୍ମବେଶ ଧାରଣ କରିବାରୁ ଅଗ୍ନି ତାଙ୍କୁ ଚିହ୍ନି ଦେଇଥିଲେ । ଏହାପରେ ସ୍ୱାହାଙ୍କୁ ନିଜ ପ୍ରେମିକା ରୂପେ ପାଇଲେ ପୁନଶ୍ଚ କୌଣସି ପାପ ନ କରି ସପ୍ତର୍ଷୀଙ୍କ ସ୍ତ୍ରୀ ଭାବେ ସ୍ୱାହାଙ୍କୁ ପାଇଥିବାରୁ ଅତ୍ୟନ୍ତ ପ୍ରୀତ ହୋଇ ଅଗ୍ନି ଦେବତା ସ୍ୱାହାଙ୍କୁ ବିବାହ କଲେ । ଯଜ୍ଞରେ ସ୍ୱାହା ଶବ୍ଦ ଉଚ୍ଚାରଣ ନ କଲେ ଅଗ୍ନି କୌଣସି ଯାଚନା କରିବେ ନାହିଁ ବୋଲି ପ୍ରତିଶ୍ରୁତି ପ୍ରଦାନ କରିଥିଲେ । ଅନ୍ୟ ଏକ ପୌରାଣିକ ତଥ୍ୟ ଅନୁଯାୟୀ ଭୃଗୁ ଋଷିଙ୍କୁ ଅପମାନିତ କରିବାରୁ ଅଗ୍ନିଙ୍କୁ ସର୍ବଦା କ୍ଷୁଧାସକ୍ତ ହେବା ସହ ଭକ୍ଷ, ଅଭକ୍ଷ ଗ୍ରହଣ କରିବାର ଅଭିଶାପ ଦେଲେ ଭୃଗୁ ଋଷି । କିନ୍ତୁ ବ୍ରହ୍ମାଙ୍କ ଦୟାରୁ କେବଳ ପବିତ୍ର ଦ୍ରବ୍ୟ ଅଗ୍ନି ଗ୍ରହଣ କରିବାର ସୌଭାଗ୍ୟ ପ୍ରାପ୍ତିହେଲେ । ଏହିପରି ଅନେକ ପୌରାଣିକ ତଥ୍ୟ ଅଗ୍ନିଙ୍କ ଆବିର୍ଭାବର ବର୍ଣ୍ଣନା କରିଛି । ପବିତ୍ର ଶିବରାତ୍ରିରେ ଅଗ୍ନିସ୍ତମ୍ଭ ଭାବରେ ଶିବ ଉଭା ହୋଇଥିବାରୁ ଅଗ୍ନିଙ୍କୁ ଶିବଙ୍କ ରୂପ କୁହାଯାଏ । ଜଳକୁ ଯୋନି ବା ଶକ୍ତି ବା ମାତା ପାର୍ବତୀ କୁହାଯାଏ । ଏଣୁ ଜଳ ଓ ଅଗ୍ନିର ସମ୍ବନ୍ଧ ଅନୁମେୟ । ଏଣୁ ଅଗ୍ନିଙ୍କ ଅନ୍ୟନାମ ଶୈବନାମାଗ୍ନି ରୂପେ ଶିବ ଓ ଶକ୍ତି ପୂଜାରେ ହୋମରେ ଆବାହନ କରାଯାଏ । ବିଷ୍ଣୁଙ୍କ ପୂଜା ବୈଷ୍ଣବ ନାମାଗ୍ନି ରୂପେ ପୂଜା ମଧ୍ୟ ହୁଏ ।

ଆୟୁର୍ବେଦରେ ମଧ୍ୟ ଅଗ୍ନିଙ୍କ ଭୂମିକା ଯଥେଷ୍ଟ ଗୁରୁତ୍ୱପୂର୍ଣ୍ଣ । ଋଷି ଶକପୁନିଙ୍କ ମତରେ ଅ- ଆଗମନ କରିବା, ଗ୍-ପ୍ରଜ୍ୱଳିତ,ନି – ଅଗ୍ରସିର ହେବା । ଅର୍ଥାତ୍ ଅଗ୍ନିଦେବତା ଆଗମନ କରି ପ୍ରଜ୍ୱଳିତ ହେବା ସହ ଅଗ୍ରସିତ ହୋଇଥାନ୍ତି । (ନିରୁକ୍ତ ନିଘଣ୍ଟୁ, ବିଭାଗ ୭.୧୪ ଖ୍ରୀପୂ ପଂଚମ ଶତାବ୍ଦୀ) ଆଚାର୍ଯ୍ୟ ଶୃତଙ୍କ ମତରେ ଅଗ୍ନି ଓ ପିତ୍ତ ସମାନ ଅଟେ । ଆୟୁର୍ବେଦରେ ଅଗ୍ନିକୁ ଖାଦ୍ୟ ହଜମ ଓ ଶାରୀରିକ ଶକ୍ତି ପ୍ରଦାନରେ ସହାୟକ ହୁଏ । ଏହାକୁ ଦେହାଗ୍ନି ବା ଜଠରାଗ୍ନି ମଧ୍ୟ କୁହାଯାଏ । ଅଗ୍ନି ପ୍ରବାହ ବନ୍ଦ ହେଲେ ପ୍ରାଣ ମୃତ ହୋଇଥାଏ । ଏଣୁ ଚରକଙ୍କ ମତରେ ଅଗ୍ନି ଜୀବନର ମୂଳ ଅଟେ । ଅଗ୍ନିଙ୍କ ଉପସ୍ଥିତିରେ ଶରୀରରେ ଧାତୁ ପରମାଣୁ ସୃଷ୍ଟି ହେଉଥିବାରୁ ଜୈବିକ ଶକ୍ତି ଶରୀରରେ ସୃଷ୍ଟି ହୋଇଥାଏ ଫଳରେ ଶରୀରରେ ପ୍ରାଣ ସଂଚାର ହୋଇଥାଏ । ଅତଏବ ଅଗ୍ନି ନିଜ ଭିତରେ ସବୁଧାରଣ କରି ସର୍ବତ୍ର ବିରାଜମାନ ହୋଇ ଜାଜ୍ୱଲିତ ହୋଇଥାଏ । ଆୟୁର୍ବେଦ ମତରେ ଜଠରାଗ୍ନି (ପାକଅଗ୍ନି), ଭୂତାଗ୍ନି (ପଚଂଭୂତ ଅଗ୍ନି) ଓ ଧାତ୍ୱାଗ୍ନି (ସାତ ଧାତୁରେ ସାତ ଅଗ୍ନି) ରହିଛି । ଭୂତାଗ୍ନି ନାମ କରଣରୁ ଏହା ସ୍ପଷ୍ଟ ଯେ ପଚଂଭୂତ ମଧ୍ୟ ଅଗ୍ନି ଅଟନ୍ତି । ଆମ ଶରୀର କୋଷରେ ପଚଂମହାଭୁତ ରହିଛି । ଜଠରାଗ୍ନିରେ ଚାରି ପ୍ରକାର ଯଥା – ବିଶମାଗ୍ନି, ତୀକ୍ଷଣାଗ୍ନି, ମନ୍ଦାଗ୍ନି ଓ ସାମାଗ୍ନି ରହିଛି । ସେହିପରି ଧାତ୍ୱାଗ୍ନିରେ ସାତ ପ୍ରକାର ଯଥା – ରସାଗ୍ନି, ରକ୍ତାଗ୍ନି, ମାଂସାଗ୍ନି, ମେଦାଗ୍ନି, ଅସ୍ଥାଗ୍ନି, ମଜ୍ଜାଗ୍ନି, ଶୁକ୍ରାଗ୍ନି ରହିଥାଏ ।

ପୌରାଣିକ ତଥ୍ୟ ଅନୁଯାୟୀ ଅଗ୍ନି ଜନ୍ମ ସମୟରେ ବରୁଣ ଓ ପ୍ରଜ୍ୱଳିତ ହେବା ସମୟରେ ମିତ୍ର ରୂପେ ଆବିର୍ଭାବ ହେଲେ । ଅଗ୍ନିଙ୍କୁ ସନ୍ଧ୍ୟା ସମୟରେ ବରୁଣ ଓ ପ୍ରାତଃ କାଳରେ ମିତ୍ର ରୂପେ ପୂଜା କରାଯାଏ । ଅଗ୍ନି ଇନ୍ଦ୍ରଙ୍କ ସହୋଦର ଭ୍ରାତା ହୋଇଥିବାରୁ ଓ ଇନ୍ଦ୍ର ଜଳ ଦେବତା ହୋଇଥିବାରୁ ଜଳ ଓ ଅଗ୍ନିଙ୍କ ସମ୍ପର୍କ ସହଜେ ଅନୁମେୟ । ଅଥର୍ବ ବେଦର ଅନୁଚ୍ଛେଦ ୧୩.୩ ରେ ବର୍ଣ୍ଣିତ ଅଛି ଯେ ଯଦି ଅଗ୍ନି ଆକାଶରେ ପ୍ରଜ୍ୱଳିତ ହୁଅନ୍ତି (ବିଜୁଳି) ତାହାହେଲେ ତାଙ୍କୁ ଇନ୍ଦ୍ର କୁହାଯାଏ । ଅଗ୍ନିଙ୍କୁ ମଧ୍ୟ ବିଶ୍ୱବେଦାଃ ରୂପେ ବର୍ଣ୍ଣନା କରାଯାଏ । ଯାହାକି ଇନ୍ଦ୍ର ଓ ଅଗ୍ନିଙ୍କ ସମଷ୍ଟି । ବାୟୁ ଓ ସୋମ (ଜଳ)କୁ ମଧ୍ୟ ଅଗ୍ନି ରୂପେ ପୂଜା କରାଯାଏ । ଅଗ୍ନି ଦେବତାଙ୍କୁ ସୁଖ, ସମୃଦ୍ଧି, ଶାନ୍ତି, ସ୍ୱାସ୍ଥ୍ୟର ପ୍ରତୀକ ରୂପେ ବିବେଚନା କରାଯାଇ ଅଗ୍ନି ଗାୟତ୍ରୀ ମନ୍ତ୍ରରେ ପୂଜା କରାଯାଏ । ଅଗ୍ନି ଦୟା ଓ ପବିତ୍ରତାର ଦେବତା ହୋଇଥିବାରୁ ଅଗ୍ନି ଗାୟତ୍ରୀ ମନ୍ତ୍ର ପୂଜନରେ ଅପୂର୍ବ ବର ପ୍ରାପ୍ତ କରିଥାନ୍ତି । ଓଁ ମହାଜ୍ୱଳାୟ ବିଦ୍ମହେ ଅଗ୍ନି ମଧାୟ ଧୀମୋହି ତନ୍ନୋ ଅଗ୍ନି ପ୍ରଚୋଦୟାତ୍ର ଅର୍ଥାତ୍ ଓଁ । ମୁଁ ମହାନ ଜ୍ୟୋତି ପ୍ରତି ମୋର ମନ କେନ୍ଦ୍ରିତ କରୁଛି । ହେ ଅଗ୍ନି ଦେବତା ମୋତେ ବୃଦ୍ଧି ପ୍ରଦାନ କରନ୍ତୁ ଓ ମୋର ପ୍ରକାଶକୁ ପ୍ରଜ୍ୱଳିତ କରନ୍ତୁ ।

ମାଘ ମାସରେ ଶିବରାତ୍ରିରେ ଏକ ଅଗ୍ନି ସ୍ତମ୍ଭର ଆବିର୍ଭାବକୁ ପୂଜା କରାଯାଇଥାଏ । ପୁନଶ୍ଚ ଶିବ ବିଷପାନ କରିଥିବାରୁ ତାଙ୍କୁ ଦୁଗ୍ଧ, ଜଳ, ଘୃତ, ମଧୁ, ଆଖୁରସ ଆଦିରେ ଅଭିଷେକ କରାଯାଏ । ଜଳ ଓ ଅଗ୍ନିର ସମ୍ପର୍କ ସହଜେ ଅନୁମେୟ । ଫାଲଗୁନ ମାସରେ ହୋଲିକା ଦହନ, କାମନା ଦହନ ପର୍ବ ସହ ରଙ୍ଗଖେଳ ଜଳ ଓ ଅଗ୍ନିର ସଂଯୋଗକୁ ସୂଚୀତ କରୁଛି । ବୈଶାଖମାସରେ ଓଡିଆର ପୁରପଲ୍ଲୀରେ ଶୈବ ସଂସ୍କୃତି ଆଧାରରେ ଦଣ୍ଡଯାତ୍ରା ପାଳନ କରାଯାଏ । ପାଣିଦଣ୍ଡ, ଧୂଳିଦଣ୍ଡ, ଅଗ୍ନିଦଣ୍ଡର ପାରମ୍ପାରିକତାର ବୈଶିଷ୍ଟ୍ୟ ଅନୁଶୀଳନ ଯୋଗ୍ୟ । ପଣା ସଂକ୍ରାନ୍ତି ଦିନ ଝାମୁଯାତ୍ରା, ଅଗ୍ନିକୁଣ୍ଡ ଉପରେ ପାଟଦଣ୍ଡୁଆ, ପାଟଭୁକ୍ତା କିମ୍ବା ମୁଖ୍ୟ ଦଣ୍ଡୁଆକୁ ଓଲଟା ଝୁଲାଇବା ଓ ନାକର ରକ୍ତଟୋପା ଅଗ୍ନିକୁଣ୍ଡରେ ପଡିବା ପର୍ଯ୍ୟନ୍ତ ଏପରି ରଖିବା, ଝୁଣାଖେଳ ନିଆଁରଡରେ ଚାଲିବା ଆଦି ଅଗ୍ନିଦେବତା ବୈଶିଷ୍ଟ୍ୟ ପ୍ରତିପାଦିତ କରିବା ସହ ପଣାର ସମର୍ପଣ ଓ ଆମୋଦିତ କ୍ରିୟା ଅତ୍ୟନ୍ତ ଆହ୍ଲାଦନା ସୃଷ୍ଟି କରିଥାଏ । ପ୍ରଚଣ୍ଡ ରୌଦ୍ରତାପ ଯୋଗୁଁ ପଣା ସଂକ୍ରାନ୍ତି ପରେ ଉଦ୍ଭିଦ ଓ ଜୀବନ ଜଗତକୁ ଜଳଦାନ କରାଯାଉଥିବାରୁ ଏହି ସଂକ୍ରାନ୍ତିର ନାମ ଜଳ ସଂକ୍ରାନ୍ତି ମଧ୍ୟ ଅଟେ । ଜଳ ଓ ଅଗ୍ନିର ଅପୂର୍ବ ସଂଯୋଗ ହିନ୍ଦୁଧର୍ମରେ ପଦେବଳ ଦୃଶ୍ୟମାନ ।

ହିନ୍ଦୁଧର୍ମ ହେଉଛି ବୈଜ୍ଞାନିକ ଧର୍ମ । ଯାହା ପୂର୍ବରୁ ବେଦ, ଉପନିଷଦରେ ବର୍ଣ୍ଣିତ ଆଜି ବିଜ୍ଞାନର ଗବେଷଣାର ଆଧାର । ପଚଂଭୂତ ହିଁ ଉଭୟଙ୍କ ମୂଳପିଣ୍ଡ । ମାନବ ଶରୀର ଧର୍ମ ଓ ବିଜ୍ଞାନର ସମାହାର ବ୍ୟତୀତ ଅନ୍ୟ କିଛି ନୁହେଁ । ବିଜ୍ଞାନ ନାମରେ ଧର୍ମକୁ ଅଣଦେଖା କରିବା ସହ ଅତି ପାଣ୍ଡିତ୍ୟର ପରିଚୟ ଦେବା ସାମାଜିକ ବିଭୀଷିକାର କାରଣ ହୋଇଥାଏ । ଅଗ୍ନି ଓ ଜଳର ସମ୍ବନ୍ଧ ଏକ ଓ ଅଭିନ୍ନ । ଠିକ୍ ସେହିପରି ପଚଂଭୂତର ଅନ୍ୟ ଉପାଦାନ ମଧ୍ୟ । ଏଣୁ ଏ ସମସ୍ତେ ଉପାସ୍ୟ । ପଚଂଭୂତର ସଠିକ୍ ଉପଯୋଗ ଧର୍ମୀୟ ଭାବନା ଜାଗ୍ରତ କରିବା ସହ ବୈଜ୍ଞାନିକ ବିକାସର ମୂଳମନ୍ତ୍ର ହେବ, ଏହା କାମ୍ୟ । ଧର୍ମର ଜୟ ହେଉ, ବିକାଶରେ ଲୟ ହେଉ, ମାନବିକତା ଧ୍ୟେୟ ହେଉ ।

*ଶିକ୍ଷାବିତ, ପ୍ରାକ୍ତନ ଅର୍ଥକମିଟି ସଦସ୍ୟ*
*ଓଡିଶା ସାହିତ୍ୟ ଏକାଡେମୀ, ବୌଦ୍ଧ*

# ଉତପ୍ତ ସହର ଏବଂ ବିପ୍ଳାପ୍ତ ବିଶ୍ୱ



ମୌଲାନା ଫଜଲ ହକ ଖାଁ

ମଣିଷ ଏତେ ପାଠୁଆ,ଜ୍ଞାନୀ,ଗୁଣୀ ଏବଂ ସଂସ୍କାରୀ ହୋଇ ମଧ୍ୟ ବିଶ୍ୱ ସ୍ରଷ୍ଟାଙ୍କ ନିୟମ ଏବଂ ପ୍ରକୃତିକୁ ନଷ୍ଟ କରିଚାଲିଛି । ସୃଷ୍ଟିର ରହସ୍ୟକୁ ବୁଝିବାରେ ଧୋକା ଖାଇଛି । ଯେତେ ଉନ୍ନତି କରି ଚାଲିଛି , ସେତେ ଅବନତିର ମୁହଁ ଦେଖିଚାଲିଛି । ମନ୍ତ୍ର ନଜାଣି ସାପ ଗାତରେ ହାତ ପୁରାଇ ଚାଲିଛି । ଫଳରେ ପାଠପଢ଼ି ମଧ୍ୟ ଆଜିର ଦିନରେ ବିଶ୍ୱରେ ମାନବିକତାର ଉତ୍କଟ ସଂକଟ ଦେଖାଦେଇଛି ଏବଂ ଭଲ ମଣିଷଟିଏ ଖୋଜି ପାଇବା ବିରଳ । ଅସାଧୁତା, ଦୁର୍ନୀତି, ବ୍ୟଭିଚାର, ମିଥ୍ୟାଚାର, ଘୃଣା, ଦୁଷ୍କର୍ମ, ଦୈନନ୍ଦିନ ଜୀବନଶୈଳୀରେ ପରିଣତ ହୋଇ ସାରିଲାଣି । ବିଦ୍ରୋହ ଓ ଆନ୍ଦୋଳନ ସାଧାରଣ ଘଟଣା । ପ୍ରାକୃତିକ ବିପ୍ଳାପ୍ତ ଦ୍ୱାରା ବିଶ୍ୱର ଭାରସାମ୍ୟର ମଧ୍ୟ ଅବନତୀ ଘଟିଛି । କେଉଁଠି ଦୁର୍ଭିକ୍ଷ ତ କେଉଁଠି ଭୟଙ୍କର ବୃଷ୍ଟି ତ କେଉଁଠାରେ ଭୂମିକମ୍ପ ତ କେଉଁଠାରେ ପ୍ରଚଣ୍ଡ ତାତି । ଏପରିକି ଏଡ୍ସ, ସ୍ୱାଇନ୍‌ଫ୍ଲୁ , ଇବୋଲା ଏବଂ କରୋନା ପରି ବଡ଼ ରୋଗ ମଣିଷ ଜୀବନକୁ ଅସ୍ତବ୍ୟସ୍ତ କରି ପକାଉଛି । ପୁଣି କେଉଁଠି ରୁଷ-ୟୁକ୍ରେନ, ଇସ୍ରାଇଲ-ହମାସ ତ କେଉଁଠି ଇରାନ-ଇସ୍ରାଇଲ ମଧ୍ୟରେ ଘମାଘୋଟ ଲଢେଇ । ସମସ୍ତଙ୍କୁ ଭୟ ଘାରୁଛି କି ତୃତୀୟ ମହାବିଶ୍ୱଯୁଦ୍ଧ ହୋଇତ ଯିବ ନି ? ଯେଉଁ ଗତିରେ ଶାନ୍ତି ଆଜି ପୃଥିବୀରୁ ଲୋପ ହେବାରେ ଲାଗିଛି, ତାହା ପ୍ରତି ବିଚାରବନ୍ତ ବ୍ୟକ୍ତିକୁ ଚିନ୍ତାରେ ପକାଇଛି । ଏଥିରେ ଉଭୟ ଆସ୍ତିକ ଓ ନାସ୍ତିକ ପ୍ରଭାବିତ ହୋଇଛନ୍ତି ।

ଏ ସବୁ କ'ଣ ? ଏବଂ କାହିଁକି ଏପରି ଉତପ୍ତ ଓ ବିପ୍ଳାପ୍ତ ବିଶ୍ୱ? କ'ଣ ଏହା ମଧ୍ୟରେ ରହସ୍ୟ ରହିଛି ? ସେବେ ଠାରୁ ମୋ ମନକୁ ଏ କଥା ଆନ୍ଦୋଳିତ କରୁଛି । ବିଶ୍ୱ ଅହମଦୀୟା ସମ୍ପ୍ରଦାୟର ଏହା ଦୃଢ଼ ବିଶ୍ୱାସ ଯେ ଅନ୍ତିମ ଯୁଗର ପ୍ରବର୍ତ୍ତକ, ପ୍ରତିଶ୍ରୁତ ଅବତାର ଓ ମସିହ ତଥା ଅହମଦୀୟା ମୁସଲିମ ସଂପ୍ରଦାୟର ପ୍ରତିଷ୍ଠାତା ହଜରତ ମିର୍ଜା ଗୁଲାମ ଅହମଦ ସାହେବ ବିଶ୍ୱ ସମାଜକୁ ମହା ପ୍ରଳୟର ଚେତାବନୀ ଦେଇ ତାଙ୍କ ପୁସ୍ତକ "ହକିକତୁଲ ଓହି,ପୃଷ୍ଠା-୨୬୯ରେ"କୁହନ୍ତି, ହେ ୟୁରୋପ ! ତୁ ମଧ୍ୟ ଶାନ୍ତିରେ ନାହୁଁ । ହେ ଏସିଆ ! ତୁ ମଧ୍ୟ ନିରାପଦ ନାହୁଁ । ହେ ଦ୍ୱୀପପୁଞ୍ଜବାସୀ ! କୌଣସି କୃତ୍ରିମ ଈଶ୍ୱର ତୁମକୁ ସାହାଯ୍ୟ କରିବେ ନାହିଁ । ମୁଁ ମହାନଗରୀ ସବୁ ଟଳି ପଡୁଥିବାର ଦେଖି ପାରୁଛି ଓ ଆବାଦି ବସ୍ତିକୁ ପରିତ୍ୟକ୍ତ ଓ ଅନାବାଦି ଅବସ୍ଥାରେ ଦେଖିବାକୁ ପାଉଛି । ପରମେଶ୍ୱର ବହୁ ସମୟ ଧରି ନୀରବ ରହିଲେ ଏବଂ ତାଙ୍କ ସମ୍ମୁଖରେ ବିଭତ୍ସ ଓ ଘୃଣିତ କାର୍ଯ୍ୟ କରାଗଲା, କିନ୍ତୁ ସେ ବାକ୍‌ସ୍ଫୁର୍ତ୍ତି କଲେ ନାହିଁ । ବର୍ତ୍ତମାନ ସେ ନିଜର ରୋଷଯୁକ୍ତ ମୁଖମଣ୍ଡଳ ଦେଖାଇଲେ । ଯାହାର କାନ ଅଛି, ସେ ଶୁଣୁ ଯେ ସେ ସମୟ ଏବେ ଆଉ ବେଶୀ ଦୂର ନାହିଁ । ମୁଁ ଯଥା ସାଧ୍ୟ ପ୍ରୟାସ କରିଛି ଯେ ପ୍ରଭୁଙ୍କ ଶାନ୍ତିପ୍ରଦ ଛାୟା ତଳେ ସମସ୍ତଙ୍କୁ ଏକତ୍ରିତ କରିବି । ପୁଣି ଏହା ଜରୁରୀ ଥିଲା ଯେ ନିୟତିର ବିଧାନ ଅବଶ୍ୟ ପୂରଣ ହେଉ । ମୁଁ ନିରାଟ ସତ କହୁଛି ଯେ ଏ ଦେଶର ନୂତନ ପରିବର୍ତନ ମଧ୍ୟ ନିକଟତର ହୋଇ ଆସୁଛି । ନୋହାଙ୍କ ଯୁଗ ତୁମ ଚକ୍ଷୁ ସମ୍ମୁଖରେ ମହାଚକ୍ରବାତ ଜନିତ ବନ୍ୟାର ତାଣ୍ଡବ ଭଳି ଦୃଶ୍ୟ ଆସିଯିବ । ଲୁତ୍‌ଙ୍କ ଭୂମିର ଘଟଣା ତୁମେ ନିଜସ୍ୱ ନେତ୍ରରେ ଚରମ ବ୍ୟଭିଚାରର କୁପରିଣାମ ସ୍ୱରୂପ ଏଡ୍ସ ମହାମାରୀର ଭୟାବହତା ଦେଖିପାରିବେ । କିନ୍ତୁ ପରମେଶ୍ୱର ପ୍ରକୋପ ସାଧନରେ ମନ୍ଥର ଗତିକୁ ପସନ୍ଦ କରନ୍ତି । ଏଣୁ ଅନୁତାପ କର । ଫଳରେ ତୁମ ପ୍ରତି ଦୟା କରା ଯାଇପାରିବ ।

ଈଶ୍ୱରଙ୍କ ଏକଥା ଯେ 'ଇନ୍ନି ଉହାଫିଜୁ କୁଲ୍ଲା ମନ୍ ଫିଦ୍‌ଦାର୍' ଅର୍ଥାତ୍ 'ପ୍ରତ୍ୟେକ ବ୍ୟକ୍ତି ଯିଏ ତୁମ ଗୃହର ଚାରିକାନ୍ଥ ଭିତରେ ଅଛି ମୁଁ ତାଙ୍କୁ ରକ୍ଷା କରିବି । ଅର୍ଥାତ୍ ଯେଉଁମାନେ ମୋର ସମ୍ପୂର୍ଣ୍ଣ ଅନୁସରଣ କରୁଛନ୍ତି, ସେମାନେ ମୋ ଆଧ୍ୟାତ୍ମିକ ଘରେ ପ୍ରବେଶ ହୋଇଛନ୍ତି । ଏହାକୁ ଅନୁସରଣ କରିବା ପାଇଁ ଏ କଥାର ସର୍ତ୍ତ ମଧ୍ୟ ରହିଛି ଯେ ସେମାନେ ମନରେ ଏହି ବିଶ୍ୱାସ ପୋଷଣ କରନ୍ତି ଯେ ସେମାନଙ୍କର ଜଣେ ସର୍ବଶକ୍ତିଶାମାନ, ଚୀରସ୍ଥାୟୀ ଓ ବିଶ୍ୱ ବ୍ୟାପକ ସ୍ରଷ୍ଟା ଈଶ୍ୱର ଅଛନ୍ତି, ଯିଏ ତାଙ୍କ ବିଶେଷ ଅନୁପମ ଗୁଣରେ ଅନାଦି, ସର୍ବକାଳୀନ ଓ ସ୍ୱୟଂ ପ୍ରତିଷ୍ଠିତ । ଏ ସଂବନ୍ଧରେ ପବିତ୍ର କୋରାନ କୁହେ; "ଓ୍ୱମା କୁନ୍ନା ମୁଅ'ଜ୍ଜିବିନା ହତ୍‌ତା ନବ୍‌ଅସା ରସୁଲା"(ପବିତ୍ର କୋରାନ,ବନି ଇସ୍ରାଇଲ:୧୬)ଅର୍ଥାତ୍ ଆମ୍ଭେ(କୌଣସି ସମ୍ପ୍ରଦାୟ ପ୍ରତି) ଜଣେ ରସୁଲ(ଅବତାର)ପ୍ରେରଣ ନକରିବା ପର୍ଯ୍ୟନ୍ତ କୌଣସି ଶାସ୍ତି ପ୍ରଦାନ କରୁନାହୁଁ । କ'ଣ ଏ ବିପ୍ଳାପ୍ତ ରୂପି ଶାସ୍ତି ଘୋଷଣା କରୁଛି କି କେହି ଜଣେ ଅବତାର ଆସି ଯାଇଛନ୍ତି କି ? କ'ଣ ଆମେ ସ୍ରଷ୍ଟାଙ୍କ ସେହି ବାଣୀକୁ ବୁଝିପାରିଲେ ନାହିଁ କି ? ନିଜ ସ୍ରଷ୍ଟାକୁ ଚିହ୍ନିବାରେ କୌଣସି ଅବହେଳା ହୋଇଗଲା ତ ନାହିଁ ? କ'ଣ ଏ ବିପ୍ଳାପ୍ତ ଆମର ଅମାନିଆ ଯୋଗୁଁ ତ ନୁହେଁ ? ଏ ଯୁଗରେ ଭିନ୍ନ ଭିନ୍ନ ନାମରେ ଯେଉଁ ସବୁ ବିପ୍ଳାପ୍ତ ଦେଖା ଯାଉଛି, କ'ଣ ସେ ଈଶ୍ୱରଙ୍କର ପ୍ରକୋପ କି ? ଯଦି ଏହା ସତ୍ୟ ତେବେ ଅହମଦୀୟା ମୁସଲିମ ସଂଗଠନର ପ୍ରବର୍ତ୍ତକ ହଜରତ ମିର୍ଜା ଗୁଲାମ ଅହମଦଙ୍କ ଉପରୋକ୍ତ ଲେଖା କ'ଣ ସଂପୂର୍ଣ୍ଣ ଠିକ କି ? ଯଦି ଠିକ ତେବେ ଆମେ ଏ ଘଡ଼ିସନ୍ଧି ମୁହୂର୍ତ୍ତରୁ ତ୍ରାହି ପାଇବା କିପରି ? ଏହାର ଉତରରେ ସେ କହିଛନ୍ତି; "ଯଦି ତୁମେ ଈଶ୍ୱରଙ୍କର ହୋଇଯିବ, ନିଶ୍ଚିତ ରୂପେ ଜାଣିରଖ ଯେ ଈଶ୍ୱର ମଧ୍ୟ ତୁମର ହୋଇଯିବେ । ତୁମେ ଶୋଇ ରହିଥିବ, ଅଲ୍ଲାଃତାଲା ତୁମ ପାଇଁ ଜାଗ୍ରତ ରହିବେ । ତୁମେ ଶତ୍ରୁଙ୍କ ପ୍ରତି ଅମନଯୋଗୀ ଥିବ, କିନ୍ତୁ ପ୍ରଭୁ ତାଙ୍କ ପ୍ରତି ସତର୍କ ଦୃଷ୍ଟି ରଖିବେ । ଶତ୍ରୁର ସମସ୍ତ ମନ୍ଦ ଯୋଜନାକୁ ପଣ୍ଡ କରିଦେବେ । ତୁମକୁ ଏପର୍ଯ୍ୟନ୍ତ ଜଣାନାହିଁ ଯେ ତୁମ ପ୍ରଭୁଙ୍କ ନିକଟରେ କେଉଁ ଶକ୍ତି ରହିଛି । ଯଦି ତୁମେ ଜାଣନ୍ତ, ତେବେ ତୁମ ଉପରେ ଏପରି କୌଣସି ଦିନ ବିତନ୍ତା ନାହିଁ ଯେ ତୁମେ ସଂସାର ପାଇଁ ବହୁତ ଦୁଃଖି ହୋଇଯାଆନ୍ତ ।" ଯେଉଁ ଲୋକମାନେ ଅନୁତାପ କରିବେ ଓ ପାପ ଆଚରଣରୁ ନିବୃତ ରହିବେ, ଅଲ୍ଲାଃତାଲା ସେମାନଙ୍କ ପ୍ରତି ସଦୟ ହେବେ ।... ସଦାଚାରୀମାନେ କ୍ଷତିଗ୍ରସ୍ତ ନହୋଇ ଶାନ୍ତିରେ ରହିବେ । ତେଣୁ ତୁମେମାନେ ସଦାଚାରୀ ହୁଅ ଓ ଅଲ୍ଲାଃତାଲାଙ୍କୁ ଭୟ କର । ତଦ୍ଦ୍ୱାରା ତୁମେମାନେ ପରିତ୍ରାଣ ପାଇବ । ଆଜି ଠାରୁ ହିଁ ପ୍ରଭୁଙ୍କୁ ଭୟ କର, ତା' ହେଲେ ସେଦିନର ଭୟାବହ ପରିଣାମରୁ ସୁରକ୍ଷିତ ରହିବ ଓ ଶାନ୍ତିରେ ଜୀବନ ଯାପନ କରିବ ।

ଯଦି ବିଶ୍ୱବାସୀ ହଜରତ ଅହମଦଙ୍କ ଏହି ଅମୂଲ୍ୟ ମନ୍ତ୍ରକୁ ବୁଝି ତଦନୁଯାୟୀ କାର୍ଯ୍ୟ ନିର୍ବାହ କରନ୍ତେ ତାହେଲେ ବିଶ୍ୱରେ ମନୁଷ୍ୟ ଜାତି ଆଉ ଅଧିକ ଦିନ ତିଷ୍ଠି ରହି ପାରନ୍ତା । ପରମତପ ଅଲ୍ଲାଃଙ୍କ ନିକଟରେ ଏତିକି ପ୍ରାର୍ଥନା ଯେ ସେ ସମସ୍ତ ମାନବ ସମାଜକୁ ଏଥିପାଇଁ ସାମର୍ଥ୍ୟ ପ୍ରଦାନ କରନ୍ତୁ । ବିଶ୍ୱବାସୀ ନିଜର ବ୍ୟକ୍ତିଗତ ସ୍ୱାର୍ଥ ଓ ବସ୍ତୁବାଦର ଲାଳସାକୁ ଜଳାଞ୍ଜଳୀ ଦେଇ ନିଜର ଦାୟିତ୍ୱ ପ୍ରତି ସଚେତନ ରହିବା ସଂଗେ ସଂଗେ ନିଜ କର୍ତବ୍ୟକୁ ସୁଚାରୁରୂପେ ସଂପାଦନ କରିବା ପାଇଁ ପ୍ରୟାସ କରନ୍ତୁ । ସର୍ବେ ଭବନ୍ତୁ ସୁଖିନଃ । ଏହା ହିଁ ଆମର କାମନା ।

*ମଙ୍ଗଳାବାଗ-କଟକ*
*ମୋ : ୯୬୯୨୨୨୫୦୫୭*




# ଧାନ ଫସଲର କୀଟ ପରିଚାଳନା

କୃଷି ଓଡ଼ିଶାର ଅର୍ଥନୀତିର ମାପକାଠି ରୂପେ ବିବେଚନା କରାଯାଉଥିବା ବେଳେ ଏହାର ଜଳବାୟୁ ଅନୁସାରେ ଅଧିକାଂଶ ଲୋକ ଧାନ ଚାଷ ଉପରେ ନିର୍ଭରଶୀଳ। ମୁଖ୍ୟତଃ ୭୦ ଭାଗ ଲୋକ ଚାଷବାସ ଉପରେ ନିର୍ଭର କରନ୍ତି। ଓଡ଼ିଶାର ବିଭିନ୍ନ ଋତୁରେ ବିଭିନ୍ନ ଚାଷ କରାଯାଇଥିଲେ ହେଁ ଧାନ



ପ୍ରସ୍ତୁତି- ଡ଼ି ଶୁଭମ୍
ସଂଯୋଜକ, କୃଷି ଦୁନିଆ

ମୁଖ୍ୟ ଚାଷ ଅଟେ। ମୁଖ୍ୟତଃ ଖରିଫ ଋତୁର ଆରମ୍ଭରେ ଧାନ ଚାଷ କରାଯାଇଥାଏ, ପରନ୍ତୁ ଧାନ ଚାଷର କେତେକ କ୍ଷତିକାରକ କୀଟ ଏହାର ଉତ୍ପାଦନରେ ହ୍ରାସ କରାଇଥାଏ। ବର୍ତ୍ତମାନ ସମୟରେ ଧାନ ଫସଲରେ କୀଟ ପରିଚାଳନା ଏକ ମୁଖ୍ୟ ଚିନ୍ତା ଭାବେ ଉଭା ହୋଇଛି। ତେବେ ଆସନ୍ତୁ ନଜର ପକେଇବା ଧାନ ଫସଲର ପ୍ରମୁଖ କୀଟମାନଙ୍କ ଉପରେ...

**ଚକଡା ପୋକ-** ଧାନ ର ଏକ ପ୍ରମୁଖ ଉତ୍ପାଦନ ହ୍ରାସକାରୀ କୀଟ ଭାବେ ଚକଡା ପୋକ ବେଶ ଜଣାଶୁଣା। କୃଷି ବିଜ୍ଞାନରେ ଏହାକୁ 'ବ୍ରାଉନ ପ୍ଲାଣ୍ଟ ହୋପର' ବୋଲି କୁହାଯାଏ। ତେବେ ଚକଡା ପୋକ ମୁଖ୍ୟତଃ ତିନୋଟି ସ୍ତର ଦେଇ ଗତି କରିଥାଏ-ଅଣ୍ଡା-ଅର୍ଭକ-ପୂର୍ଣ୍ଣାଙ୍ଗ କୀଟ। ପୂର୍ଣ୍ଣାଙ୍ଗ କୀଟ ଦେଖିବାକୁ ମାଟିଆ ରଙ୍ଗର ସ୍ତ୍ରୀ କୀଟଟି ୫ମି.ମି ଲମ୍ବା ହୋଇଥିବା ବେଳେ ପୁରୁଷ କୀଟଟି ୪-୪.୫ ମି.ମି ଭିତରେ ଲମ୍ବାଥାଏ। ପତ୍ର ର ମଝି ଭାଗରେ ଅଣ୍ଡା ଗୁଡିକ ଦେଖାଯାଏ (୨-୧୨) ଅଣ୍ଡା ଟି ଧଳା ଓ ବଙ୍କା ଆକୃତିର ହୋଇଥାଏ। ସମ୍ପୂର୍ଣ୍ଣ ଜୀବନ ଚକ୍ର ୧୮-୨୨ ଦିନ ଭିତରେ ଶେଷ ହୋଇଥାଏ।

ଲକ୍ଷଣ- ଏହାର ପୂର୍ଣ୍ଣାଙ୍ଗ କୀଟଟି ଗଛର ତଳ ଭାଗର ରସକୁ ଶୋଷି ଶୋଷି ଖାଇଯାଇଥାଏ। ଖାଇବା ସମୟରେ ଏହା ଏକ ବିଷାକ୍ତ ପଦାର୍ଥ ନିର୍ଗତ କରିଥାଏ। ଯାହା ଫଳରେ (ହୋପର ବର୍ନ) ଲକ୍ଷଣ ଦେଖାଯାଇଥାଏ। ପତ୍ର ଗୁଡିକ ହଳଦିଆ ପଡିଯିବା ସହିତ ଗୋଲାକୃତି ଆକାରରେ ଗଛ ଶୁଖିଯାଏ। ଏହା ଯେଉଁ ଧାନ ଗଛକୁ ଆକ୍ରମଣ କରିଥାଏ, ତାହାର କାଣ୍ଡ ଭାଗ ଶୁଖିଯାଏ ଓ ଏହା ଭବିଷ୍ୟତରେ କୁଟା ହୋଇପାରେ ନାହିଁ।

ପ୍ରତିକାର - * ଚକଡା କୀଟ



ଆକ୍ରାନ୍ତ ଜମିରେ ଏକ କିସମକୁ ଦ୍ୱିତୀୟ ଥର ବ୍ୟବହାର କରନ୍ତୁ ନାହିଁ।

* ସହନଶୀଳ କିସମ ଯଥା ଗୋଦାବରୀ, କ୍ରିଷ୍ଣାଭେନି, ଚୈତନ୍ୟ ପ୍ରଭୃତି ବ୍ୟବହାର କରିବା ଆବଶ୍ୟକ।

* ଧାନ ଜମିର ମଝି ଭାଗରେ କନ୍ଦି କରନ୍ତୁ। ଏହାଦ୍ୱାରା ଉପଯୁକ୍ତ ସୂର୍ଯ୍ୟାଲୋକ ମିଳିପାରିବା ସହ ଆର୍ଦ୍ରତା ନିୟନ୍ତ୍ରଣ ହୋଇପାରିବ।

* ଜମିରୁ ଅନାବନା ଘାସ ଉପାଡିଦିଅନ୍ତୁ।

* ପୋକର ଗତିବିଧି ଲକ୍ଷ୍ୟ କରି କୀଟନାଶକ ବ୍ୟବହାର କରନ୍ତୁ।

* ଗଛର ତଳଭାଗକୁ କାର୍ବୋଫ୍ୟୁରାଣ ଦାନା ଏକରକୁ ୧୦ କି.ଗ୍ରା, ଏସିଫେଟ ଏକଲିଟର ପାଣିରେ ୧୫ କି.ଗ୍ରା ମିଶାଇ ୩-୪ ଥର ସ୍ପ୍ରେ କରନ୍ତୁ।

ନଳି ପୋକ- ଏହା ଧାନ ଫସଲର କ୍ଷତିକାରକ କୀଟ ମଧ୍ୟରେ ଅନ୍ୟତମ। ଏହାର ଶୁକ ଗୁଡ଼ିକ ଫିକା ସବୁଜ ରଙ୍ଗର ଓ ସଦାବେଳେ ପତ୍ରର ନଳୀ ଭିତରେ ଅବସ୍ଥାନ କରିଥାନ୍ତି। ଏମାନେ ଫିମ୍ବରୁ ବାହାରିବା ପରେ ଧାନ ପତ୍ରର ଅଗ ଭାଗକୁ କାଟି ଛୋଟଛୋଟ ନଳୀ ତିଆରି କରନ୍ତି। ନଳୀ ଭିତରେ ରହି ପତ୍ରର ସବୁଜ କଣିକାକୁ କୋରି କୋରି ଖାଇଥାନ୍ତି। ଏହି ନଳୀ ଗୁନିକ ପାଣିରେ ସହଜରେ ଭାସି ପାରେ।

ପ୍ରତିକାର - ଏହି ପୋକ ଦାଉରୁ ରକ୍ଷା ପାଇବା ପାଇଁ କୁଇନାଲଫସ ୨୫ଇସି ୨ମିଲି ପ୍ରତି ଲିଟର ପାଣିରେ ପ୍ରୟୋଗ କରି ଜମିରେ ପ୍ରୟୋଗ କରନ୍ତୁ।

ସ୍ୱାମିଙ୍ଗ ସଁବାଳୁଆ - ଏହା ଦେଖିବାକୁ ଗାଢ଼ ସବୁଜ ରଙ୍ଗର ଶୁକ। ଏହାର ନିୟନ୍ତ୍ରଣ ପାଇଁ ଜମିରୁ ସଠିକ ଭାବେ ଜଳ ନିଷ୍କାସନ କରିବା ଆବଶ୍ୟକ।

କାହାଳିଆ ପୋକ - ଏହା ସାଧାରଣତଃ ବର୍ଷାଦିନିଆ ଉଧାନ ଫସଲରେ ଦେଖାଯାଇଥାଏ। ପିଲ ଦେଉଥିବା ଅବସ୍ଥାରେ ପିଲ ଭିତରେ ପଶି କଅଁଳିଆ ମଂଜିର ଅଗ୍ରଭାଗକୁ ଖାଇଥାନ୍ତି। ଫଳରେ ପିଲଟି କାହାଳୀ ସଦୃଶ ହୋଇ ବଢ଼ିଥାଏ। କେଣ୍ଡାର ଧାରଣ ଶକ୍ତି କମିଥାଏ।

ପ୍ରତିକାର- ସଙ୍ଗ ଆକର୍ଷକ ଯନ୍ତା ବ୍ୟବହର କରିବା ଉଚିତ୍।

-ପଟାସ ସାର ବ୍ୟବହାର କରିବା ଦରକାର।

-କାର୍ବୋସଲଫନ୍ ୨୫%ଇସି ୨ମିଲି ପ୍ରତି ଲିଟର ପାଣିରେ ଜମିରେ ସିଂଚନ କରିବା ଆବଶ୍ୟକ।

ମାଟିଆଗୁଣ୍ଡି ପୋକ - ଏହା ମାଟିଆ ଓ ବାଦାମୀ ରଙ୍ଗର ଶୋଷକ କୀଟ ଅଟେ। ବର୍ଷାଦିନିଆ ଓ ଡ଼ାଲୁଅ ଧାନରେ ଏହା ବହୁଳ କ୍ଷତି କରିଥାଏ। ଏହା ଧାନ ବୁଦା ମୂଳରେ ଜଳପତନର ଠିକ ଉପର ଭାଗରେ ରହି କାଣ୍ଡରୁ ରସ ଶୋଷି ଖାଇଥାଏ। ଏହାର ଆକ୍ରମଣରେ ପ୍ରଥମେ ପତ୍ର ଗୁଡ଼ିକ ହଳଦିଆ ପଡ଼ିଯାଏ ଓ ଶେଷରେ ଧାନଗୁଡ଼ିକ ମରିଯାଏ। ଫୁଲ ଧରିବା ସମୟରେ ଏମାନଙ୍କ ପ୍ରାଦୁର୍ଭାବ ବେଶୀ ଥାଏ।

ପ୍ରତିକାର- ସଙ୍ଗଆକର୍ଷକ ଯନ୍ତାର ବ୍ୟବହାର କରିବା

ଇମିଡ଼ାକ୍ଲୋପିଡ଼୍ ୦.୨୫ମିଲି ପ୍ରତି ଲିଟର ପାଣିରେ ପକାଇ ସିଂଚନ କରିବା।

(ସମ୍ପାଦକ-ଶ୍ୟାମଳ ସୁବର୍ଣ୍ଣ, ବାସୁଦେବପୁର,ଭଦ୍ରକ, ମୋ:୯୪୩୮୪୬୭୦୭୯)

# ନଡ଼ିଆ ଫସଲରେ ଗଣ୍ଡାପୋକ ଦମନ

**ଜୀବନ ଚକ୍ର :**

ଗଣ୍ଡାପୋକ ବା ରାଇନୋସରସ ବିଟିଲ ଏକ ଉତ୍ତମ ପ୍ରଜନନକ୍ଷମ ଅନିଷ୍ଟକାରୀ କୀଟ, ଯାହାର ପ୍ରାଦୁର୍ଭାବ ସମସ୍ତ ଜଳବାୟୁ ଓ ପରିବେଶରେ ଦେଖାଯାଇଥାଏ। ଏହାର ଜୀବନ ବୃତ୍ତାନ୍ତ ଅଧ୍ୟନ କଲେ ଜଣାଯାଏ ଯେ ଏହି କୀଟ ଗୋବର, ଖତଗଦା, ମୃତ ଓ ବିଘଟିତ ଜୈବିକ ପଦାର୍ଥର ଧ୍ୱଂସାବଶେଷରେ ମଧ୍ୟ ନିଜର ପ୍ରଜନନ କାର୍ଯ୍ୟ କରି ବଂଶବିସ୍ତାର କରିପାରେ ଓ ହାରାହାରି ୧୭୧ ଦିନ ମଧ୍ୟରେ ଏହାର ଜୀବନଚକ୍ର ପରିସମାପ୍ତ ହୁଏ। ତନ୍ମଧ୍ୟରୁ ଅଣ୍ଡା ଅବସ୍ଥା ୧୦ ଦିନ, ଶୁକ ଅବସ୍ଥା ୧୩୦ ଦିନ ଓ କୋଷା ଅବସ୍ଥା ୨୦ ଦିନରେ ଶେଷ ହୁଏ। ପୂର୍ଣ୍ଣାଙ୍ଗ ପ୍ରାପ୍ତ କୀଟଟି କୋଷରୁ ବାହାରିବା ପରେ ୫-୨୬ ଦିନ ପର୍ଯ୍ୟନ୍ତ ବିଶ୍ରାମ କରେ ଏବଂ ତତ୍ପରେ ନଡ଼ିଆ ଗଛର ଅଗ୍ରଭାଗକୁ ଉଡ଼ି ଚାଲିଯାଏ। ଏହି କୀଟର ଅଣ୍ଡିରା ପୂର୍ଣ୍ଣାଙ୍ଗ କୀଟଟି ୧୨୦ ଦିନ ବଂଚିଥିବା ବେଳେ ମାଈ କୀଟଟି ହାରାହାରି ୧୪୨ ଦିନ ଜୀବନ ଧାରଣ କରିଥାଏ। ଫେବୃୟାରୀରୁ ଏପ୍ରିଲ ଏବଂ ସେପ୍ଟେମ୍ବରରୁ ଅକ୍ଟୋବର ମଧ୍ୟରେ ଏହି ପୋକ ସର୍ବାଧିକ ଅଣ୍ଡା ଦେଇଥାଏ।

**କ୍ଷତି :**

ପୂର୍ଣ୍ଣାଙ୍ଗପ୍ରାପ୍ତ ପୋକଟି ସାଧାରଣତଃ ନଡ଼ିଆଗଛର ବାହୁଙ୍ଗା ଏବଂ ଫୁଲକୁ ମାତ୍ରାଧିକ ଆକ୍ରମଣ କରି କ୍ଷତି ପହଞ୍ଚାଏ। ଏହି ପୋକ ଆକ୍ରମଣ ନଡ଼ିଆ ଫସଲରେ ହାରାହାରି ୧୦ ପ୍ରତିଶତ ଅମଳ ହ୍ରାସ କରେ। ୩-୧୦ ବର୍ଷ ବୟସ ଗଛ ଗୁଡ଼ିକରେ ଏହି ପୋକର ଆକ୍ରମଣ ଜନିତ କ୍ଷତି ଅଧିକ ହୋଇଥାଏ। ଆକ୍ରମିତ ବାହୁଙ୍ଗା ଗୁଡ଼ିକର ପତ୍ର କଟିଯାଇଥିବା ଲକ୍ଷ୍ୟ କରାଯାଏ। ଏହାକୁ ବୈଜ୍ଞାନିକ ଭାଷାରେ ଜିଓମେଟ୍ରିକ କଟ୍, ଫ୍ୟାନକଟ୍ ବୋଲି କୁହାଯାଏ। ସାଧାରଣତଃ ବିଶେଷ ଆକ୍ରମଣ ହୋଇ ନଥିଲେ ଗୋଟିଏରୁ ଦୁଇଟି ପତ୍ର କଟିଥାଏ। ଯଦି ଏହି ପୋକର ପ୍ରାଦୁର୍ଭାବ ମାତ୍ରାଧିକ ହୁଏ ଓ ଏହାର ଆର୍ଥିକ ଦେହଳୀ ସୀମା ଉଲ୍ଲଙ୍ଘନ କରେ, ସମସ୍ତ ପତ୍ର ଏହିଭଳି କଟିଥିବା ଲକ୍ଷ୍ୟ କରାଯାଏ। ଏହା ବ୍ୟତୀତ ସମ୍ପୂର୍ଣ୍ଣ ଖୋଲି ନଥିବା ବାହୁଙ୍ଗା ମୂଳରେ



**ଭୁବନାନନ୍ଦ ଅଧିକାରୀ**
*କୀଟ ଟିଏ କଥା ଟିଏ - ୪*

ଆୟତକାର କଣା ଦେଖାଯାଏ ଏବଂ ଏହି କଣା ପାଖରେ ପୋକ ଦ୍ୱାରା ନଷ୍ଟ ହୋଇଥିବା ବୃକ୍ଷର ତନ୍ତୁଗୁଡ଼ିକର ଅବଶିଷ୍ଟାଂଶ ଦେଖିବାକୁ ମିଳେ। ମାତ୍ରାଧିକ କ୍ଷତି ହେବା ପୂର୍ବରୁ ଏହି ପୋକର ଦମନ ନ କରାଗଲେ ନଡ଼ିଆଗଛ ଅନ୍ୟ କ୍ଷତିକାରୀ କୀଟ ଆକ୍ରମଣ ତଥା କବକଜନିତ ରୋଗ ଆକ୍ରମଣ ପାଇଁ ଉପଯୋଗୀ ହୋଇଯାଏ।

**ନିୟନ୍ତ୍ରଣ :**

ଏହି କୀଟର ନିୟନ୍ତ୍ରଣ ପାଇଁ ପ୍ରଥମେ ପରିଷ୍କାର ପରିଚ୍ଛନ୍ନ ଚାଷ ପ୍ରଣାଳୀ ଅବଲମ୍ବନ ଆବଶ୍ୟକ। ଗଛର ଆଖପାଖ ପରିଷ୍କାର ରଖିବା ସହ ଗଛରେ ଥିବା ମୃତଅଂଶ, ପଚା ଅଂଶ, ପତ୍ରଗୁଡ଼ିକୁ ସମୟାନୁସାରେ କାଟି ସଫା କରିବା ଦ୍ୱାରା ଏହି ପୋକ ଆକ୍ରମଣରୁ ରକ୍ଷା ମିଳେ। ଏହି ପୋକ ଦ୍ୱାରା ସୃଷ୍ଟି ଆୟତକାର ଗଣାରେ ସ୍କୋକ ବା ଏକ ସରୁ ତାର ପୂରାଇ ପୂର୍ଣ୍ଣାଙ୍ଗପ୍ରାପ୍ତ ପୋକକୁ ଧରି ତାକୁ ନଷ୍ଟ କରିବା ମଧ୍ୟ ଜରୁରୀ। ନଡ଼ିଆ ବାହୁଙ୍ଗା ବାହାରିଥିବା ଗଛର ଅଂଶ ବା କନ୍ଦରେ ସେଭିଡଲ ୨୫ ଗ୍ରାମ ଓ ସରୁବାଲି ୨୦୦ ଗ୍ରାମର ମିଶ୍ରଣ ବା ଫୋରେଟ୍ ଓ ବାଲିର ମିଶ୍ରଣକୁ ପ୍ରୟୋଗ କଲେ ଏହାର ଉତ୍କଟ ଗନ୍ଧ ଦ୍ୱାରା ଏହି ପୋକଗୁଡ଼ିକ ଫସଲ ଆଡ଼କୁ ଆକର୍ଷିତ ହୁଅନ୍ତି ନାହିଁ। ଯାହାଦ୍ୱାରା ଆକ୍ରମଣଜନିତ କ୍ଷତି ହ୍ରାସପାଏ। ଜୈବିକ ଉପାୟରେ ଏହି ପୋକର ମଧ୍ୟ ନିୟନ୍ତ୍ରଣ ସମ୍ଭବପର। ଏହି କୀଟକୁ ନିୟନ୍ତ୍ରଣ କରୁଥିବା ଭୂତାଣୁ ବା ବ୍ୟାକୁଲୋ ଭାଇରସର ପ୍ରୟୋଗ ବା କୀଟ ବିନାଶକାରୀ କବକ ମେଟାରିଜିୟମ୍ ଆନିସୋପିଲେର ପଇଡ଼ପାଣି ବା ମକାଗୁଣ୍ଡ ବା କୁଣ୍ଡାରେ ବଂଶବିସ୍ତାର କରାଇ ଏହି କବକର ସ୍ପୋରକୁ ଗଛ ପାଖରେ ଥିବା ଖତଗଦାରେ କ୍ୟୁବିକ୍ ମିଟର ପ୍ରତି ୫ ଢ ୧୦୧୧ ସ୍ପୋର ପ୍ରୟୋଗ ଦ୍ୱାରା ଏହି କୀଟ ଦମନ ସମ୍ଭବପର ହୋଇଥାଏ। କେତେକ ଉପକାରୀ କୀଟ ମଧ୍ୟ ଅଛନ୍ତି ଯେଉଁମାନେ ଏହି ଗଣ୍ଡାପୋକକୁ ବିନାଶ କରିବାରେ ସାହାଯ୍ୟ କରନ୍ତି। କିନ୍ତୁ ଆମ ରାଜ୍ୟରେ ବା ପ୍ରାକୃତିକ ଅବସ୍ଥାରେ ଏହାର ପ୍ରୟୋଗ ଏତେଟା ସଫଳକାମୀ ହୋଇ ନଥାଏ। ଜୈବିକ ନିୟନ୍ତ୍ରଣର ଅନ୍ୟ ପ୍ରମୁଖ ଦିଗ ସ୍ୱରୂପ କୀଟ ନିୟନ୍ତ୍ରକ ସୂତ୍ରକୃମିର ଉତ୍ପାଦଡିଡି ୧୩୬ର ପ୍ରୟୋଗ କଲେ ଏହାର ପ୍ରଭାବରେ ଗଣ୍ଡାପୋକର ଶୁକ ବା କୋଷାଗୁଡ଼ିକର ଦମନ ସମ୍ଭବ ହୁଏ। ଏହି ସୂତ୍ରକୃମି ଜାତ ଉତ୍ପାଦର ପ୍ରୟୋଗ ଦ୍ୱାରା ୬୦-୧୦୦ ପ୍ରତିଶତ କୀଟ ଦମନର ନଜିର ରହିଛି। ଏତଦ୍ ଭିନ୍ନ କ୍ଷତିକାରୀ ଗଣ୍ଡାପୋକର ସଂଘ ଆକର୍ଷକ ଯନ୍ତା ବସାଇ (୫ ଏକରକୁ ୧ଟି ଯନ୍ତା ବସାଇବାର ୬୦ ଦିନ ପରେ ଆକ୍ରମଣ ଜନିତ କ୍ଷତିକୁ ୮୦ ପ୍ରତିଶତ କମାଇ ଦିଆଯାଇପାରେ। ଏହିସବୁ ଅଣରାସାୟନିକ ନିୟନ୍ତ୍ରଣ ବ୍ୟତୀତ ସମୟାନୁସାରେ ଗଛ ନିକଟରେ ଥିବା ଖତଗଦା ବା କମ୍ପୋଷ୍ଟ ପିଟରେ ବାର୍କାରିଲ ୫୦ ପ୍ରତିଶତ ଗୁଣ୍ଡ ଲିଟର ପ୍ରତି ୩ ଗ୍ରାମ ଦ୍ରବଣକୁ ସିଞ୍ଚନ କଲେ ଏହି କୀଟ ଆକ୍ରମଣରୁ ରକ୍ଷା ମିଳେ।

ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଯେ ଚାଷୀଭାଇମାନେ ନିଜେ ନିଜ ଫସଲ ସମସ୍ୟା ପାଇଁ ସମାଧାନ ଉପାୟ ନ ଭାବି ପାଖରେ ଥିବା କୃଷି ବିଜ୍ଞାନ କେନ୍ଦ୍ର ବା କୃଷି ଅନୁସନ୍ଧାନ ଓ ବୈଷୟିକ ଜ୍ଞାନକୌଶଳ କେନ୍ଦ୍ର, କୃଷି ଅଧିକାରୀଙ୍କ କାର୍ଯ୍ୟାଳୟ ବା ଓଡ଼ିଶା କୃଷି ବୈଷୟିକ ବିଶ୍ୱବିଦ୍ୟାଳୟର ବିଶେଷଜ୍ଞଙ୍କ ସହିତ ପରାମର୍ଶ କରି ପରିଚାଳନା କଲେ ସେମାନେ ଫସଲ ସବସ୍ୟା ଦୂର କରିବା ସହ ନିଜର ଜ୍ଞାନ ପରିସର ମଧ୍ୟ ବଢ଼ାଇ ପାରିବେ।

ମୋ- ୯୫୮୩୨୮୫୪୯୯

# କପା ଫସଲରେ ପୋକ ପରିଚାଳନାରେ ଉପକାରୀ କୀଟର ଭୂମିକା

**ଦୀପାୟନ ପାଢ଼ୀ**

*କପା ଏକ ମୁଖ୍ୟ ଅର୍ଥକାରୀ ଫସଲ। ଏହାର ଆବଶ୍ୟକତା ଏବଂ ଉତ୍ପାଦନ କ୍ଷମତାକୁ ଆଖି ଆଗରେ ରଖି ଏହାକୁ 'ଧଳା ସୁନା' ମଧ୍ୟ କୁହାଯାଏ। କିନ୍ତୁ ବର୍ତ୍ତମାନ ପରିସ୍ଥିତିରେ ଏହି ଫସଲର ବିଭିନ୍ନ ପ୍ରକାରର ଅପକାରୀ ପୋକର ପ୍ରାଦୁର୍ଭାବ ବଢ଼ି ଚାଲିଛି ଯଥା ବିଭିନ୍ନ ପ୍ରକାରର ଶୋଷକ ପୋକ, ପତ୍ରଖିଆ ପୋକ ଏବଂ ଫଳବିନ୍ଧା ପୋକ। ପ୍ରଥମେ ପ୍ରଥମେ ଏହି ପୋକମାନଙ୍କ ନିରାକରଣ ପାଇଁ ରାସାୟନିକ କୀଟନାଶକ ବ୍ୟବହାର କରିବା ଦ୍ୱାରା ପୋକର ପ୍ରାଦୁର୍ଭାବକୁ କମାଯାଇ ପାରୁଥିଲା। କିନ୍ତୁ ବର୍ତ୍ତମାନର ପରିସ୍ଥିତି ଅଲଗା। ବର୍ତ୍ତମାନ ପରିସ୍ଥିତିରେ ଏହି ଫସଲକୁ ଆକ୍ରମଣ କରୁଥିବା ପୋର ନିୟନ୍ତ୍ରଣ ନିମନ୍ତେ ସବୁଦାୟ ଫସଲରେ ବ୍ୟବହୃତ ରାସାୟନିକ କୀଟନାଶକର ଶତକଡ଼ା ୫୦ ଭାଗ କେବଳ କପା ଫସଲରେ ପ୍ରୟୋଗ କରାଯାଏ। ଏହା ଯୋଗୁଁ ପରିବେଶ ପ୍ରଦୂଷଣ ସହିତ ପୋକ ମାନଙ୍କର ସହନଶକ୍ତି ବଢ଼ି, ଏହା ନୂଆ ସମସ୍ୟା ସୃଷ୍ଟି କରେ। ଏଠାରେ ଏହା କୁହାଯାଇପାରେକି, ଆମେ ପୋକ ନିୟନ୍ତ୍ରଣ ପାଇଁ କେବଳ ରାସାୟନିକ ପଦ୍ଧତି ଉପରେ ନିର୍ଭର କରିପାରିବା ନାହିଁ।*

*ଏହି କାରଣ ଯୋଗୁଁ ସମନ୍ୱିତ କୀଟ ପରିଚାଳନାର ସୃଷ୍ଟି। ଜୈବିକ ନିୟନ୍ତ୍ରଣ ପଦ୍ଧତି, ସମାନ୍ୱିତ କୀଟ ପରିଚାଳନା ବ୍ୟବସ୍ଥାର ଏକ ଅବଛେଦ୍ୟ ଅଙ୍ଗ। ଫସଲ ପରିବେଶରେ ଅପକାରୀ କୀଟ ସହିତ ଉପକାରୀ କୀଟ ପରାଶ୍ରୟୀର ଉପଯୁକ୍ତ ସଂରକ୍ଷଣ, ବଂଶବୃଦ୍ଧି ଏବଂ ଆବଶ୍ୟକ ଅନୁଯାୟୀ ପ୍ରୟୋଗ ଦ୍ୱାରା ଅନିଷ୍ଟକାରୀ କୀଟ ମାନଙ୍କର ଆଶାତୀତ ବୃଦ୍ଧିରେ ବାଧା ଉପୁଜେ। ଜୈବ ନିୟନ୍ତ୍ରଣ ଏକ ମିତବ୍ୟୟୀ, ଯୁକ୍ତିଯୁକ୍ତ ଓ ଦୀର୍ଘସ୍ଥାୟୀ କୀଟ ନିୟନ୍ତ୍ରଣ ପଦ୍ଧତି ହେଇଥିବାରୁ ଅତ୍ୟଧିକ କୀଟନାଶକ ପ୍ରୟୋଗର ଆବଶ୍ୟକତା ପଡ଼ି ନଥାଏ।*

*ଏହି ବିଷୟବସ୍ତୁରେ କପା ଫସଲରେ ଦେଖାଯାଉଥିବା କେତେକ ମୁଖ୍ୟ ପରଭୋଜୀ କୀଟ ଏବଂ ପରାଶ୍ରୟୀ କୀଟ ସମ୍ବନ୍ଧରେ ବର୍ଣ୍ଣନା କରାଯାଇଛି।*

ପରଭୋଜୀ କୀଟ :

**ଇନ୍ଦ୍ରଗୋପୀ ଭୃଙ୍ଗ (Lady bird beetle):**

ଏହାର ଅନ୍ୟ ନାମ କାନ୍ଦୁଲ ଫାଳିଆ ପୋକ। ପୂର୍ଣ୍ଣାଙ୍ଗ କୀଟଟି ଦେଖିବାକୁ ଗୋଲାକାର, ଲାଲ, କମଳା ଓ ନାରଙ୍ଗି ରଙ୍ଗର ହୋଇଥାନ୍ତି। କିନ୍ତୁ ଭୃଙ୍ଗ ଗୁଡ଼ିକ ଲମ୍ବାଳିଆ ଏବଂ ପଛଭଗତି ତିନିକୋଣିଆ। ଏହି ପୋକଟି ଅଣ୍ଡାରୁ ପୂର୍ଣ୍ଣାଙ୍ଗ ଅବସ୍ଥାରେ ପରିଣତ ହେବା ପାଇଁ ପାଖାପାଖି ୨ ରୁ ୩ ସପ୍ତାହ ଆବଶ୍ୟକ କରିଥାଏ। ଏହି ପୋକ ଗୁଡ଼ା ଜଉପୋକ ମେଳନୀ ସ୍ଥାନରେ ଧାଡ଼ିରେ ୧୫୦ରୁ ୨୦୦ଟି ଅଣ୍ଡା ଦିଅନ୍ତି।

ଏହାର ସୁକ ପୋକଟିକୁ ଠିକ୍ ଭାବରେ ନଚିହ୍ନି ପାରିବା ଦ୍ୱାରା ବେଳେବେଳେ ଏହାକୁ ଲୋକେ ଭୁଲରେ ପରଭୋଜୀ ଭାବିନିଅନ୍ତି। ଦିନବେଳେ ଏହି ଭୃଙ୍ଗ ସବୁ ବିଶେଷ ଭାବରେ ସକ୍ରିୟ ହୋଇଥାନ୍ତି। ଏହି କୀଟ ବିଶେଷ ଭାବରେ ଶୋଷକ ପୋକଙ୍କୁ ଖାଏ। ଯଥା- ଜଉପୋକ, ପତ୍ରଡିଆଁ ପୋକ, ଧଳା ମାଛିର ଅର୍ଭକ, ପାତ୍ର ଉକୁଣି ଇତ୍ୟାଦି। ସୁକ ଅବସ୍ଥାରେ ଏମାନେ ଅଧିକ ପୋକ ଖାଇନିଅନ୍ତି (ହାରାହାରି ୪୫ଟି ପୋକ/ଦିନ)

**ବୁଢ଼ିଆଣୀ :**

କପା ଫସଲରେ ସାଧାରଣତ ଦୁଇ ପ୍ରକାରର ପରଭୋଜୀ ବୁଢ଼ିଆଣୀ ଦେଖାଯାନ୍ତି। କିଛି ଅପକାରୀ କୀଟକୁ ସିଧାସଳଖ ଖାଇନିଅନ୍ତି, ତ କିଛିଜାଲ ତିଆରି କରି ଜାଲରେ ପଡ଼ିବା କୀଟମାନଙ୍କୁ ଖାଇ ନିଅନ୍ତି। କପା ଫସଲରେ ବିଭିନ୍ନ ପ୍ରକାରର ବୁଢ଼ିଆଣୀ ଯଥା- ଲମ୍ବା ଦାନ୍ତିଆ ବୁଢ଼ିଆଣୀ, ବାଘୁଆ ବୁଢ଼ିଆଣୀ, ପତ୍ରଡ଼ିଆଁ ବୁଢ଼ିଆଣୀ ଇତ୍ୟାଦି ଦେଖାଯାନ୍ତି। ଏମାନେ ଶୋଷକ ପୋକର ଅର୍ଭକ ତଥା ପତ୍ରଖିଆ ଏବଂ ଫଳବିନ୍ଧା ପୋକମାନଙ୍କର ଶୁକକୁ ଭକ୍ଷଣ କରନ୍ତି।

**ସିରଫିଡ଼ ମାଛି :**

ବଡ଼ ବା ପୂର୍ଣ୍ଣାଙ୍ଗ ମାଛି ଫୁଲର ମଧୁ ବା ପରାଗରେଣୁ ଖାଇ ବଂଚିଥାଏ। ମାଈ ପୂର୍ଣ୍ଣାଙ୍ଗ ମାଛି ଜଉପୋକ ଦଳରେ ଅଣ୍ଡା ଦେଇଥାଏ। ଅଣ୍ଡାରୁ ଶୂକ (ଗୋଡ଼ ବିହିନ ଏବଂ ମୁଣ୍ଡ ସରୁ ଓ ପଛ ଭାଗଟି ଓସାରିଆ) ହେବା ପାଇଁ ଏହା ୩ ରୁ ୪ ଦିନ ନେଇଥାଏ। ପୂର୍ଣ୍ଣାଙ୍ଗ ମାଛିର ପେଟ ପାଖରେ ହଳଦିଆ ଏବଂ କଳା ରଙ୍ଗର ଦାଗ ଥାଏ। ସାଧାରଣତ ମାଛି ଶୂକଟି ଯଉପୋକର ଅର୍ଭକର ରସ ଶୋଷି କେବଳ ଖୋଳପାକୁ ଛାଡ଼ି ଦିଅନ୍ତି। ଏହାର ଶୂକ ପୋକଟି ଦିନକୁ ହାରାହାରି ୫୭ଟି ଜଉପୋକ ଖାଇଥାଏ।

**କ୍ରାଇସୋପେର୍ଲା :**

ଏହାକୁ ଜଉପୋକର ଖାଦକ ବୋଲି ମଧ୍ୟ କୁହାଯାଏ। ପୂର୍ଣ୍ଣାଙ୍ଗ ମାଈ ପୋକଟି ରେଶମ ସୂତାରେ ଗୋଟି ଗୋଟି କରି ଅଣ୍ଡା ଦିଏ।

ମୁଖ୍ୟତଃ ଶୁକ ଗୁଡ଼ିକ ଜଉପୋକ ଅର୍ଭକ ଖାଇଥାନ୍ତି। ଶୁକ କୀଟର ଦା ଆକାରର ଦୁଇଟି ଦାନ୍ତ ଥାଏ। ଯାହାଦ୍ୱାରା ଏମାନେ କୀଟ ଶରୀରରୁ ରସ ଶୋଷଣ କରିନିଅନ୍ତି। ଜଉପୋକ ବ୍ୟତୀତ ଏମାନେ ଅନ୍ୟ ନରମ ଶରୀର ବିଶିଷ୍ଟ କ୍ଷୁଦ୍ର କୀଟମାନଙ୍କର ନିୟନ୍ତ୍ରଣରେ ସହାୟକ ହୋଇଥାନ୍ତି ଏହା ଦିନକୁ ହାରାହାରି ୪୬ ଜଉପୋକ ଖାଇଥାଏ।

**ଶିକାରୀ ଝିଣ୍ଟିକା :**

ଏହା ଏକ ସର୍ବକୀଟଭୋଜୀ ପୋକ। ଏହା ସବୁ ପ୍ରକାର ଫସଲରେ ଦେଖାଯାଏ। ଏହାର ଆଗ ଗୋଡ଼ ଦୁଇଟି ଟାଣ, କଣ୍ଟା କଣ୍ଟା ଓ ଶିକାର ଧରିବାରେ ସହାୟକ ହୋଇଥାଏ। ଏହାର ମୁଣ୍ଡଟି ଚାରି ଦିଗକୁ ଘୂରିପାରେ। ଏହାର ମାଈ ପୋକଟି ଏକ ଟାଣ ଆବରଣ ମଧ୍ୟରେ ଅଣ୍ଡା ଦେଇଥାଏ। ଏଥିରେ ଅର୍ଭକ ଓ ପୂର୍ଣ୍ଣାଙ୍ଗ କୀଟ ଅନ୍ୟ କୀଟ ମାନଙ୍କୁ ଖାଇଥାନ୍ତି। ଏହି ଉପକାରୀ ପୋକଟି ଗୋଟିଏ ଦିନରେ ହାରାହାରି ୪ଟି ଶୂକ ପୋକ ଖାଇପାରେ।

**ରେଡୁଭିଡ଼ ବଗ ବା ହତ୍ୟାକାରୀ ପୋକ :**

ହତ୍ୟାକରୀ ପୋକ ଏକ ବିଶେଷ ଧରଣର ଉପକାରୀ କୀଟ। ଏହା ନିଜ ଠାରୁ ଭାରି ଓ ବଡ଼ ଆକାରର କୀଟ ମାନଙ୍କୁ ଶିକାର କରିଥାନ୍ତି। ଏହି ହତ୍ୟାକାରୀ କୀଟ ମୁଖ୍ୟତଃ ଶୂକ ପୋକ, ଜଉପୋକ ଓ ଅନ୍ୟ ପୋକମାନଙ୍କର ଅଣ୍ଡା ଖାଏ। ଏହା ନିଜର ଶୁଣ୍ଢ ଦ୍ୱାରା ଶିକାର ଶରୀର ମଧ୍ୟରେ ଏକ ବିଷାକ୍ତ



ପଦାର୍ଥ ଛାଡ଼ିଥାଏ। ତଦ୍ୱାରା ଶିକାର ପୋକଟି ନିସ୍ତେଜ ହୋଇଥାଏ, ଯାହାକି ଶିକାରୀ ପୋକକୁ ଶିକାର ଠାରୁ ରସ ଶୋଷିବାରେ ସହାୟକ ହୋଇଥାଏ। ଏହା ଦିନକୁ ହାରାହାରି ୬ଟି ଶୂକପୋକକୁ ଶିକାର କରେ।

ପେଣ୍ଟାଟୋମିଡ଼ (ପଞ୍ଚକୋଣୀ)

**ବଗ ବା ଢ଼ାଲ ବଗ :**

ଏହାର ମାଈ ପୋକଟି ପତ୍ରର ଉପରି ଭାଗରେ ଉଜ୍ଜ୍ୱଳ ଧାତୁ ରଙ୍ଗର ଅଣ୍ଡା ଧାଡ଼ିରେ ଦେଇଥାନ୍ତି। ଏହିପୋକ ଗୁଡ଼ିକ ନିଜ ଲମ୍ବା ଶୁଣ୍ଢ ଦ୍ୱାରା ରସ ଶୋଷି ନିଜ ଆକାର ଠାରୁ ବଡ଼ କୀଟମାନଙ୍କୁ ଖାଇ ପାରନ୍ତି। ଏମାନେ ଗୋଟିଏ ଦିନରେ ହାରାହାରି ୫ଟି ଶୂକକୁ ଶିକାର କରିପାରନ୍ତି।

କାରାବିଡ଼ ଭୃଙ୍ଗ ବା ଗ୍ରାଉଣ୍ଡ ବିଟିଲ :ଗ୍ରାଉଣ୍ଡ ବିଟିଲର ଉଭୟ



ପୂର୍ଣ୍ଣାଙ୍ଗ ଅବସ୍ଥା, ଶୂକ କଳାରଙ୍ଗର। ଏହାର ଉଭୟ ପୂର୍ଣ୍ଣାଙ୍ଗ ଏବଂ ଶୂକ ଅବସ୍ଥାରେ ଶିକାର କରନ୍ତି। ଏହାର ପୂର୍ଣ୍ଣାଙ୍ଗ ଅବସ୍ଥାରେ ମୁହଁରେ ଦା ଆକୃତିର ଦାନ୍ତ ଥାଏ। ଗୋଟିଏ ପୋକ ଦିନରେ ହାରାହାରି ୫ଟି ଶୂକ ପୋକ ଖାଇଥାଏ।

**ଶିକାରୀ ବିରୁଡ଼ି :**

ଏମାନେ ଘରର କାନ୍ଥ କୋଣରେ ମାଟି ଘର ତିଆରି କରିଥାଏ। ପୂର୍ଣ୍ଣାଙ୍ଗ ବିରୁଡ଼ି ବିଭିନ୍ନ ପ୍ରକାରର ଶୂକ ଗୁଡ଼ିକୁ ବୋହିଆଣି, ସେମାନଙ୍କୁ ନିସ୍ତେଜ କରି ଏହାର ଛୁଆ ଗୁଡ଼ିକୁ ଖାଇବାକୁ ଦେଇଥାନ୍ତି। ଏମାନେ ନିଜ ନାହୁଡ଼କୁ ଅନ୍ୟ କୀଟମାନଙ୍କୁ ଭୟଭୀତ କରିବାରେ ବ୍ୟବହାର କରନ୍ତି।

**ଧବନ ଭୃଙ୍ଗ :**

ଏହା ଏକ ଉଜ୍ଜ୍ୱଳ ଲାଲ ରଙ୍ଗର ଟାଣ ଶରୀର ଥିବା ପୋକ। ଏହାକୁ ମୁଖ୍ୟତଃ ଗୋଟି ପୋକ ଏବଂ ଆମେରିକୀୟ ବକରା ବିନ୍ଧା ପୋକର ଶୁକ ନିୟନ୍ତ୍ରଣରେ ବ୍ୟବହାର କରାଯାଏ।

**ପରାଶ୍ରୟୀ କୀଟ :**

**ଟ୍ରାଇକୋଗ୍ରାମ :**

ଏହା ଏକ ଅଣ୍ଡା ପରାଶ୍ରୟୀ କୀଟ। ପୂର୍ଣ୍ଣାଙ୍ଗ ମାଈ କୀଟଟି ମୋଥ ବା ପ୍ରଜାପତି ଜାତୀୟ କୀଟମାନଙ୍କ ଅଣ୍ଡା ମଧ୍ୟରେ ଅଣ୍ଡା ଦେଇଥାଏ। ଟ୍ରାଇକୋଗ୍ରାମା ଅଣ୍ଡାର ଛୁଆ ଶିକାର କୀଟର ଅଣ୍ଡାକୁ ନଷ୍ଟ କରି ଏଥିରୁ ପୁଣିଟ୍ରାଇକୋଗ୍ରାମା କୀଟ ବାହାରିଥାଏ। ଏହାକୁ କପା ଫସଲରେ ବକରା ବିନ୍ଧା କୀଟ, ପତ୍ରଖିଆ ଘୋଡ଼ାପୋକ ଓ କାହାଳୀ ପୋକ ଇତ୍ୟାଦିର ନିୟନ୍ତ୍ରଣ ପାଇଁ ବ୍ୟବହାର କରାଯାଏ। ଏହି କୀଟକୁ ଗବେଷଣାଗାରରେ ବୃଦ୍ଧି କରାଯାଇ ଟ୍ରାଇକୋକାର୍ଡ଼ ଭାବରେ ବିକ୍ରି କରାଯାଇ ପାରିବ। ଗୋଟିଏ ଟ୍ରାଇକୋକାର୍ଡ଼ରେ ପାଖାପାଖି ୨୦,୦୦୦ କୀଟ ଥାଏ। ୬୦,୦୦୦ ଟ୍ରାଇକୋଗ୍ରମା କୀଟ ଏକରକୁ ପ୍ରତି ସପ୍ତାହ ଅନ୍ତରରେ ୪/୬ ଥର ଛଡ଼ାଯାଏ।

**କୋଟେସିଆ:**

ଏହା ଏକ ଶୁକ ପରାଶ୍ରୟୀ କୀଟ। ଅଣ୍ଡାରୁ ଫୁଟିବା ପରେ ଛୁଆ ଗୁଡ଼ିକ ଶୁକ ପୋକ ଶରୀରର ଅଭ୍ୟନ୍ତରୀୟ ତନ୍ତୁ ଗୁଡ଼ିକୁ ଖାଇ ଯାଆନ୍ତି। ଏମାନେ କପା ଫସଲରେ ଫଳବିନ୍ଧା ପୋକ, ପତ୍ରଖିଆ ଗୋଟି ପୋକ ଇତ୍ୟାଦିର ଶୁକରେ ଅଣ୍ଡା ଦେଇ ଏହାର ନିୟନ୍ତ୍ରଣ କରନ୍ତି।

ସହ ପ୍ରାଧାପକ, କୀଟତତ୍ୱ ବିଭାଗ,
ଏମ୍.ଏସ୍. ସ୍ୱାମୀନାଥନ କୃଷି ବିଶ୍ୱ ବିଦ୍ୟାଳୟ,
ପାରଳାଖେମୁଣ୍ଡି
ମୋ- ୮୨୮୦୦୨୮୧୬୬




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେଓ୍ୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେଓ୍ୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫର ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧ୍ୟକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେଓ୍ୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେଓ୍ୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଟର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେଓ୍ୱାନିଙ୍କ ଟ୍ୱିଟ୍‌ଟି କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ୍, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ୍ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ଇତ୍ୟାଦିରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ' ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତ୍ତା ସନ୍ତୋଷ କୁମ୍ଭାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଉଜ୍ଜ୍ୱଳ ତାରକାର ଦୁଃଖଦ ଅବସାନ

ଭୁବନେଶ୍ୱର (ପିଏନ୍): ବିଶିଷ୍ଟ ଯୁବ ବୈଜ୍ଞାନିକ ତଥା ଗବେଷକ ଡାକ୍ତର ସୁଜିତ କୁମାର ମହାନ୍ତି ଦୀର୍ଘଦିନ ଧରି ଫୁସ୍‌ଫୁସ୍ ଜନିତ କ୍ୟାନସର୍ ରୋଗରେ ଆକ୍ରାନ୍ତ ହୋଇ ଗତ ଅପ୍ରେଲ ୮ ତାରିଖ ରାତିରେ ଏକ ଘରୋଇ ହସ୍ପିଟାଲ୍‌ରେ ଇହଲୀଳା ସମ୍ବରଣ କରିଛନ୍ତି । ଡକ୍ଟର ସୁଜିତ ମହାନ୍ତି ହେଉଛନ୍ତି ବିଶିଷ୍ଟ ଆଇନଜୀବୀ ତଥା ସମାଜସେବୀ ସୁଧୀର ମହାନ୍ତିଙ୍କ ଦ୍ୱିତୀୟ ପୁତ୍ର । ସୁଜିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ କୃତିତ୍ୱର ସହ ବାୟୋ-ଟେକ୍ନୋଲୋଜିରେ ପାସ୍ କରିବା ପରେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କେମିକାଲ୍ ଟେକ୍ନୋଲୋଜି, ହାଇଦ୍ରାବାଦରେ ଅଧ୍ୟୟନ କରି ସେଠାରେ ପ୍ରଥମ ଶ୍ରେଣୀରେ ପ୍ରଥମ ହୋଇ ପାସ୍ କରିଥିଲେ । ତା'ପରେ ସେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍‌ସ, ବାଙ୍ଗାଲୋରରେ ପଢୁଥିବା ସମୟରେ ବିଭିନ୍ନ ବୈଜ୍ଞାନିକମାନଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ସମ୍ପୂର୍ଣ୍ଣ ଛାତ୍ରବୃତ୍ତି ପାଇ ଉଚ୍ଚଶିକ୍ଷା ହାସଲ କରିବାକୁ ଆମେରିକା ଯାଇଥିଲେ । ସେଠାରେ ଆଇ.ଓ.ଡବ୍ଲ୍ୟୁ.ଏ. ୟୁନିଭରସିଟିରେ ବାୟୋକେମିକାଲ୍ ଇଞ୍ଜିନିୟରିଂରେ ପାସ୍ କରିବା ସଙ୍ଗେସଙ୍ଗେ ପି.ଏଚ୍‌ଡି. ହାସଲ କରିଥିଲେ । ଏହାପରେ ଏକ ବେସରକାରୀ କମ୍ପାନୀରେ କାମ କରି ଗବେଷଣା କରିଥିଲେ । ତାପରେ ପୋଷ୍ଟ ଡକ୍ଟରେଟ୍ କରିବା ସମୟରେ ଆମେରିକାର ବିଶିଷ୍ଟ ଓଡ଼ିଆ ଶିଳ୍ପପତି ଡାକ୍ତର ଶୀତିକଣ୍ଠ ଦାସଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ନିଜ ରାଜ୍ୟରେ ଶିଳ୍ପର ବିକାଶ ପାଇଁ କାର୍ଯ୍ୟ କରିବା ପାଇଁ ୨୦୧୯ ମସିହାରେ ଓଡ଼ିଶା ଫେରି ଆସିଥିଲେ । ଭୁବନେଶ୍ୱରରେ ସ୍ୱାଲୋକମ ବାଇଅଭେଞ୍ଚର୍ କମ୍ପାନୀ ଗଠନ କରି କାର୍ଯ୍ୟ ଆରମ୍ଭ କରିବା ସମୟରେ ଦୁଇଥର କୋରୋନାରେ ଆକ୍ରାନ୍ତ ହୋଇଥିଲେ । ଆରୋଗ୍ୟ ଲାଭ କରିଥିଲେ ମଧ୍ୟ ପରବର୍ତ୍ତୀ ପର୍ଯ୍ୟାୟରେ କ୍ୟାନ୍‌ସର୍‌ରେ ଆକ୍ରାନ୍ତ ହୋଇଥିଲେ । ଟାଟା ମେମୋରିଆଲ୍ ହସ୍ପିଟାଲ୍‌ରେ ଚିକିତ୍ସିତ ହୋଇଥିଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ବିଶେଷ ଅଗ୍ରଗତି ପରିଲକ୍ଷିତ ହୋଇ ନଥିଲା । ଭୁବନେଶ୍ୱରରେ ସମ୍ ହସ୍ପିଟାଲ୍‌ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମାତା ରଞ୍ଜିତା ମହାନ୍ତି, ବଡ଼ଭାଇ ଡାକ୍ତର ସୁବ୍ରତ ମହାନ୍ତି, ଭାଉଜ ଲଭଲିନ୍ ମହାନ୍ତି, ସାନଭାଇ ଡକ୍ଟର ସନ୍ଦୀପ ମହାନ୍ତି, ଭାଇବୋହୂ ଡଃ ପ୍ରିୟଙ୍କା ମହାନ୍ତି ଉପସ୍ଥିତ ଥିଲେ ।

## ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ।ସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୁରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୁମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋତ୍ସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୁରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସ୍ୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରଇଁରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'ୀ ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରଇଁରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଲାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

## ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୁବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଉର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବତ୍ସ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

## ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟୋ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'।ଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ନାମାଙ୍କନ ପ୍ରସଙ୍ଗରେ ଡିଫାଇନ କଳାହାଣ୍ଡି ଅଧକ୍ଷ ମଧୁ ମହାନ୍ତିଙ୍କ ପ୍ରତିକ୍ରିୟା

ଭବନାପାଟଣା,(ପି.ଏନ); ଭବାନୀପାଟଣା ପକଳାହାଣ୍ଡିର ଜଣେ ଚ଼ର୍ଚ୍ଚିତ ଚେହେରା ତଥା ଡ଼ିଫାଇନ କଳାହାଣ୍ଡିର ଅଧକ୍ଷ ମଧୁ ମହାନ୍ତି କ୍ଷ ଚ଼ଳିତ ନିର୍ବାଚ଼ନ ପୂର୍ବରୁ କଳାହାଣ୍ଡିର ବିଭିନ୍ନ ସ୍ଥାନରେ ନିଜ ସମର୍ଥକ ମାନଙ୍କ ସହ ବଡ ବଡ଼ ସଭା ସମିତି ଶୋଭାଯାତ୍ରା ଆୟୋଜନ କରି ପୁଣି ସକ୍ରିୟ ହୋଇ ଉଠିଥିଲେ ମଧୁ ମହାନ୍ତି । ସେ କଳାହାଣ୍ଡି ସାଂସଦ ଭାବେ ନିର୍ବାଚ଼ନ ମୈଦାନକୁ ଓଲହାଇବେ ବୋଲି ଚ଼ର୍ଚ୍ଚା ହେଉଥିଲା । କିନ୍ତୁ ଟିକେଟ ବଣ୍ଟନ ପରେ ତାଙ୍କ ଆଶା ମଉଳି ଯାଇଥିଲା । ପରବର୍ତୀ ସମୟରେ ଧର୍ମଗଡ଼ ନିର୍ବାଚ଼ନ ମଣ୍ଡଳୀରୁ ତାଙ୍କ ପାଇଁ ପ୍ରାର୍ଥୀ ପତ୍ର ତାଙ୍କ ସମର୍ଥକ ମାନେ ଆଣିଥିଲେ । କିନ୍ତୁ ମଧୁ ପ୍ରାର୍ଥୀ ପତ୍ର ଦାଖଲ କଲେ ନାହିଁ । ଠିକ ଏହି ସମୟରେ ତାଙ୍କ ଅତି ନିକଟ ସମର୍ଥକ ଜୟନ୍ତ ନାଏକ ଏବଂ ମନୀନ୍ଦର ମହାନ୍ତିଙ୍କ ଉପରେ ପୂର୍ବରୁ ଲଗାଯାଇଥିବା ନିଲମ୍ବନ ଆଦେଶକୁ ବିଜୁ ଜନତାଦଳ ପ୍ରତ୍ୟାହାର କରିନେଲା କ୍ଷ ଯାହାକୁ ନେଇ ବିଭିନ୍ନ କଳ୍ପନା ଜଳ୍ପନା କଳାହାଣ୍ଡି ରାଜନୀତିରେ ଚ଼ର୍ଚ୍ଚା ହେଉଥିଲା । ସେ ସର୍ମ୍ପକରେ ଶ୍ରୀ ମହାନ୍ତି ତାଙ୍କ ପ୍ରତିକ୍ରିୟାରେ ଖଣ୍ଡନ କରିଛନ୍ତି । ଆଉ ସ୍ୱଷ୍ଟ କରିଛନ୍ତି ଯେ ସେ କୌଣସି ରାଜନୈତିକ ଦଳର ସଭ୍ୟ ନୁହନ୍ତି । ଆଗକୁ ତାଙ୍କ ଡିଫାଇନ କଳାହାଣ୍ଡି ମାଧମରେ ଶିକ୍ଷା ଓ ସ୍ୱାସ୍ଥ୍ୟ ଉପରେ ଲୋକଙ୍କ ସେବା ଜାରି ରଖିବେ କ୍ଷ ହେଲେ ଶ୍ରୀ ମହାନ୍ତିଙ୍କ ପ୍ରତିକ୍ରିୟାକୁ କଳାହାଣ୍ଡିବାସି କିଭଳି ନଜରରେ ଦେଖୁଛନ୍ତି ଆଉ ଶ୍ରୀ ମହାନ୍ତି କେବଳ ସାମାଜିକ ସଂଗଠନରେ ରହି ସେବା କରୁଛନ୍ତି ନା କେଉଁ ଦଳକୁ ସମର୍ଥନ କରୁଛନ୍ତି ତାହା ଆଗାମୀ ସମୟ କହିବ।

# ପଶ୍ଚିମ ଓଡିଶା ବିକାଶ ପରିଷଦକୁ ସ୍ୱୟଂଶାସିତ କରାଯାଉ

ଭୁବନେଶ୍ୱର, (ପିଏନ)-ଦୀର୍ଘ ୨୦ ବର୍ଷ ଧରି ଶାସକ ବିଜେଡି ପଶ୍ଚିମ ଓଡିଶା ବିକାଶ ପରିଷଦର ପାଣ୍ଠିକୁ ଦଳୀୟ ପାଣ୍ଠି ଭାବେ ବ୍ୟବହାର କରିଆସୁଛି । ଅନ୍ୟପଟେ ଦଳୀୟ ଲୋକଙ୍କୁ ଥଇଥାନ କରିବା ପାଇଁ ପଶ୍ଚିମ ଓଡିଶା ବିକାଶ ପରିଷଦର ଅଧକ୍ଷ ତଥା ସଦସ୍ୟମାନଙ୍କୁ ନିଯୁକ୍ତ କରାଯାଉଛି । ସିଏଜି ରିପୋର୍ଟ ଅନୁଯାୟୀ ପଶ୍ଚିମ ଓଡିଶାର ବିକାଶ ଯେଉଁଭଳି ହେବା କଥା ସେପରି ହୋଇନାହିଁ । ବିଜେପୁର ଉପନିର୍ବାଚନ ସମୟରେ ଖୋଦ୍ ମୁଖ୍ୟମନ୍ତ୍ରୀ ପଶ୍ଚିମ ଓଡିଶାର ଦାୟୀତ୍ୱ ନେବେ ବୋଲି କହିବା ସହ ଗଙ୍ଗାଧର ମେହେର ଜଳସେଚନର ସ୍ୱପ୍ନ ଦେଖାଇ ଧୋକ୍କା ଦେଇଛନ୍ତି ବୋଲି ବିଜେପି କୃଷକ ମୋର୍ଚ୍ଚା ରାଜ୍ୟ ସଭାପତି ଏବଂ ପୂର୍ବତନ ବିଧାୟକ ଶ୍ରୀ ପ୍ରଦୀପ ପୁରୋହିତ ଅଭିଯୋଗ କରିଛନ୍ତି । ରାଜ୍ୟ କାର୍ଯ୍ୟାଳୟରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ପୁରୋହିତ କହିଛନ୍ତି ଯେ, ସିଏଜି ରିପୋର୍ଟ ରାଜ୍ୟ ସରକାରଙ୍କ ମୁଖା ଖୋଲିଦେଇଛି । ରାଜ୍ୟସରକାର ଜାଣିଶୁଣି ପଶ୍ଚିମ ଓଡିଶା ବିକାଶରେ ବାଧକ ସାଜିଛନ୍ତି । ୨୦୧୩ରେ ପଶ୍ଚିମ ଓଡିଶାରେ ଜଳସେଚନ କ୍ଷେତ୍ରକୁ ଅଗ୍ରାଧୀକାର ଦେବା ପାଇଁ ନିଷ୍ପତି ହୋଇଥିବାବେଳେ ୨୦୧୫-୧୮ ଭିତରେ ମାତ୍ର ୧୧.୮୦ ପ୍ରତିଶତ ଅର୍ଥ ଜଳସେଚ କ୍ଷେତ୍ରରେ ଖର୍ଚ୍ଚ ହୋଇଛି । ଏମପି ଓ ଏମଏଲଏ ଲ୍ୟାଡ ପାଣ୍ଠିରୁ ଟଙ୍କା ପାଇବାକୁ ଯୋଗ୍ୟଥିବା ୧୯୩ଟି ଘରୋଇ ଶିକ୍ଷାନୁଷ୍ଠାନକୁ ୨୦୧୪-୧୮ ମଧ୍ୟରେ ବିକାଶ ପରିଷଦ ବେନିୟମ ଭାବେ ୯.୧୧ କୋଟି ଟଙ୍କା ପ୍ରଦାନ କରିଛି । ୧୯୯୧ ମସିହା ଘଡେଇ କମିଟି ରିପୋର୍ଟ ଆନୁଯାୟୀ ପଶ୍ଚିମ ଓଡିଶା ବିକାଶ ପରିଷଦ ଅନ୍ତର୍ଗତ ୮୯ଟି ବ୍ଲକ ମଧ୍ୟରୁ ୩୪ଟି ବ୍ଲକ ଅତ୍ୟନ୍ତ ପଛୁଆ ଏବଂ ୨୫ଟି ବ୍ଲକ ପଛୁଆ ରହିଥିଲା । ଏହି ବ୍ଲକ ଗୁଡିକର ବିକାଶ ପାଇଁ ୨୦୧୩ରେ ରାଜ୍ୟସରକାର ନିର୍ଦ୍ଦେଶ ଦେଇଥିଲେ ମଧ୍ୟ ଏଗୁଡିକର ବିକାଶ ହୋଇ ପାରିଲା ନାହିଁ । ୨୦୧୬-୧୮ ମସିହା ଭିତରେ ପରିଷଦ ୪୦୯.୭୨ କୋଟି ଟଙ୍କାର ଅର୍ଥ ବ୍ୟବସ୍ଥା କରିଥିବାବେଳେ ସେଥିମଧ୍ୟରୁ ୪୫ ପ୍ରତିଶତ ଅର୍ଥାତ୍ ୧୮୩.୪୧ କୋଟି ବିକାଶଶୀଳ ଓ ବିକଶିତ ବ୍ଲକଗୁଡିକୁ ପ୍ରଦାନ କରାଯାଇଥିଲା । ଏବେ ସୁଦ୍ଧା ପ୍ରାୟ ୪.୧୩ କୋଟି ଟଙ୍କା ବିନିଯୋଗରେ ସଂପୂର୍ଣ୍ଣ ହୋଇଥିବା ଅନେକ ଅନୁଷ୍ଠାନ ବ୍ୟବହୃତ ହୋଇପାରୁନାହିଁ ।ପଶ୍ଚିମ ଓଡିଶା ବିକାଶ ପରିଷଦ କାର୍ଯ୍ୟ ସଠିକ୍ ଭାବେ ହୋଇପାରୁନଥିବା ଯୋଗୁଁ ରାଜ୍ୟସରକାର ଏହାକୁ ନିଜ ନିୟନ୍ତ୍ରଣରେ ନରଖି ଦାର୍ଜିଲିଂ ଗୋରଖା ହିଲ କାଉନସିଲ ଭଳି ଏହାକୁ ସ୍ୱୟଂଶାସିତ ମାନ୍ୟତା ଦେବା ସହ ଦଳମତ ନିର୍ବିଶେଷରେ ପଶ୍ଚିମ ଓଡିଶାର ଅନୁଦାନକୁ ପ୍ରତିବର୍ଷ ୧ ହଜାର କୋଟିକୁ ବୃଦ୍ଧି କରିବାକୁ ଶ୍ରୀ ପୁରୋହିତ ଦାବୀ କରିଛନ୍ତି ।
ପଶ୍ଚିମ ଓଡିଶା ବିକାଶ ପରିଷଦକୁ ଥଇଥାନର କେନ୍ଦ୍ର ନକରି ଯେଉଁମାନେ ପଶ୍ଚିମ ଓଡିଶାର ବିକାଶ ଧାରାକୁ ଆଗକୁ ନେଇପାରିବେ ସେଭଳି ବ୍ୟକ୍ତିବିଶେଷଙ୍କୁ ଅଧକ୍ଷ କରିବା ପାଇଁ ରାଜ୍ୟସରକାର ପଦକ୍ଷେପ ଗ୍ରହଣ କରନ୍ତୁ । ସେହିପରି ପଶ୍ଚିମ ଓଡିଶା ବିକାଶ ପରିଷଦର ମୁଖ୍ୟ କାର୍ଯ୍ୟାଳୟକୁ ପଶ୍ଚିମ ଓଡିଶାର ଯେ କୌଣସି ସ୍ଥାନରେ କରିବା ପାଇଁ ଶ୍ରୀ ପୁରୋହିତ ଦାବୀ କରିଛନ୍ତି ।
ଏହି ସାମ୍ବାଦିକ ସମ୍ମିଳନୀରେ ରାଜ୍ୟ ମୁଖପାତ୍ର ଶ୍ରୀ ଠାକୁର ରଂଜିତ ଦାସ ଉପସ୍ଥିତ ଥିଲେ ।

# ବିଧାନସୌଧର କମ୍ପ୍ୟୁଟରୀକରଣ ସଂପର୍କିତ ସମୀକ୍ଷା ବୈଠକ ଅନୁଷ୍ଠିତ

ଭୁବନେଶ୍ୱର, (ପିଏନ)-ଓଡିଶା ବିଧାନସୌଧ କମ୍ପ୍ୟୁଟରୀକରଣ ସଂପର୍କିତ ଏକ ସମୀକ୍ଷା ବୈଠକ ବାଚସ୍ପତି ଡ. ସୂର୍ଯ୍ୟନାରାୟଣ ପାତ୍ରଙ୍କ ଅଧ୍ୟକ୍ଷତାରେ ଆଜି ତାଙ୍କ ପ୍ରକୋଷ୍ଠରେ ଅନୁଷ୍ଠିତ ହୋଇଯାଇଛି ।
ବୈଠକ ପ୍ରାରମ୍ଭରେ ପ୍ରିଂଟ ଲିଙ୍କସ୍ ର ପରିଚାଳନା ନିର୍ଦ୍ଦେଶକ ଜଣାଇଥିଲେ ଯେ ବିଧାନ ସୌଧର ୱାଇ-ଫାଇ, ଲାନ୍ ଓ ଭିଡ଼ିଓ କନ୍‌ଫରେନ୍ସିଂ କାର୍ଯ୍ୟ ସମାପ୍ତ ହୋଇଛି । ଇଂଟରନେଟ୍ ବେଗ ୧୦୦ ଏମ୍‌ବିପିଏସ୍ କୁ ବୃଦ୍ଧି ସଂପର୍କିତ ଆନୁମୋଦନ ଲାଭ ନିମନ୍ତେ ଏନ୍‌ଆଇସି, ନୂଆଦିଲ୍ଲୀକୁ ପତ୍ରପ୍ରେରଣ କରିବେ ବୋଲି ଜାତୀୟ ସୂଚନାବିଜ୍ଞାନ କେନ୍ଦ୍ର(ଏନ୍‌ଆଇସି)ର ବୈଷୟିକ ନିର୍ଦ୍ଦେଶକ ଜଣାଇଥିଲେ । ଉନ୍ନତ ସେବା ନିମନ୍ତେ ଲାନ୍ ସଂରଚନାରେ ଦୁଇଟି ସୁଇଚ୍ ପରିବର୍ତନ କରିବା ପାଇଁ ମଧ୍ୟ ବୈଠକରେ ନିଷ୍ପତି ନିଆଯାଇଛି ।
ବିଧାନସୌଧରେ ୱାଇ-ଫାଇ, ଲାନ୍ ଓ ଭିଡ଼ିଓ କନ୍‌ଫରେନ୍ସିଂର ରକ୍ଷଣାବେକ୍ଷଣ ପାଇଁ ବିଏସ୍‌ଏନ୍‌ଏଲ୍ ଦ୍ୱାରା ନିୟୋଜିତ ଦୁଇଜଣ ଇଂଜିନିୟର ବିଧାନସଭା ସଚିବାଳୟର ଉପସଚିବ (ସ୍ଥାପନା)ଙ୍କ ସହିତ ଯୋଗାଯୋଗରେ ରହିବାକୁ ବାଚସ୍ପତି ଡ. ପାତ୍ର ନିର୍ଦ୍ଦେଶ ଦେଇଥିଲେ । ବିଧାନସୌଧରେ ଓସ୍ୱାସ୍ କାର୍ଯ୍ୟକ୍ଷମ କରିବାକୁ ୩୨୯ ପଏଂଟରେ ଲାନ୍ ସଂଯୋଗ ଦିଆଯାଇଛି । ବିଧାୟକ ଓ କର୍ମଚାରୀମାନଙ୍କୁ ଖୁବ୍ ଶୀଘ୍ର ଏ ସଂପର୍କିତ ତାଲିମ ପ୍ରଦାନ କରାଯିବ । ବିଧାନସଭାର ନୂତନ ସମ୍ମିଳନୀ କକ୍ଷରେ ଭିଡ଼ିଓ ୱାଲିଂ ସ୍ଥାପନ ନିମନ୍ତେ ବ୍ୟୟ ଅଟକଳ ପ୍ରଦାନ କରିବାକୁ ଓକାକ୍, ଓଡ଼ିଶା କମ୍ପ୍ୟୁଟର ପ୍ରୟୋଗ କେନ୍ଦ୍ର(ଓକାକ୍)ର ସାଧାରଣ ପରିଚାଳକ ଓ ଏନ୍‌ଆଇସିର ବୈଷୟିକ ନିର୍ଦ୍ଦେଶକଙ୍କୁ ବାଚସ୍ପତି ଡ. ପାତ୍ର କହିଥିଲେ ।
ଓଡ଼ିଶା ନଲେଜ୍ କର୍ପୋରେସନ୍(ଓକେସିଏଲ୍) ସମସ୍ତ ପ୍ରକାର ବୈଷୟିକ କମ୍ପ୍ୟୁଟରୀକୃତ ତାଲିମ କାର୍ଯ୍ୟକ୍ରମ ପ୍ରଦାନ କରୁଛି ବୋଲି ଓକାକ୍ ର ସାଧାରଣ ପରିଚାଳକ ସୂଚନା ଦେଇଥିଲେ ତେଣୁ ବିଧାୟକମାନଙ୍କୁ ଆବଶ୍ୟକୀୟ ପ୍ରଶିକ୍ଷଣ ଓ ବିଧାନସଭା କର୍ମଚାରୀମାନଙ୍କୁ ଓସ୍ୱାସ୍ ତାଲିମ ପ୍ରଦାନ କରିବା ପାଇଁ ଓକେସିଏଲ୍ କୁ ନିୟୋଜିତ କରାଯାଇପରିବ ।
ଏହି ବୈଠକରେ ବିଧାନସଭା ସଚିବ ଶ୍ରୀ ଦାଶରଥୀ ଶତପଥୀ, ଓକାକ୍‌ର ସାଧାରଣ ପରିଚାଳକ (ପ୍ରଶାସନ), ଏନ୍‌ଆଇସିର ବୈଷୟିକ ନିର୍ଦ୍ଦେଶକ, ବିଏସ୍‌ଏନ୍‌ଏଲ୍‌ର ଉପଖଣ୍ଡ ଯନ୍ତ୍ରୀ ଏବଂ ପ୍ରିଟଲିଙ୍କର ପରିଚାଳନା ନିର୍ଦ୍ଦେଶକ ଉପସ୍ଥିତ ରହି ଆବଶ୍ୟକ ତଥ୍ୟ ଉପସ୍ଥାପନ କରିଥିଲେ ।

# ୮୭୯୬ କୋଟି ଟଙ୍କାର ୧୨ଟି ଶିଳ୍ପ ପ୍ରକଳ୍ପର ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର, (ପିଏନ)- ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଗୁରୁବାର ଭିଡ଼ିଓ କନ୍‌ଫରେନ୍ସିଂ ମାଧ୍ୟମରେ ରାଜ୍ୟରେ ୧୨ଟି ଭିନ୍ନ ଭିନ୍ନ ଶିଳ୍ପ ପ୍ରକଳ୍ପର ଶୁଭାରମ୍ଭ (ଦୁଇଟିର ଉଦ୍‌ଘାଟନ ଓ ୧୦ଟିର ଶିଳାନ୍ୟାସ) କରିଛନ୍ତି । ସ୍ୱାସ୍ଥ୍ୟସେବା, ବିକଳ୍ପ ଶକ୍ତି, ଇସ୍ପାତ, ସୂଚନା ପ୍ରଯୁକ୍ତି, ସିମେଂଟ ଓ ଖାଦ୍ୟ ପ୍ରକ୍ରିୟାକରଣ କ୍ଷେତ୍ରରେ ୮ଟି ଅଣୁ, କ୍ଷୁଦ୍ର ଓ ମଧ୍ୟମ ଶିଳ୍ପ ଓ ୪ଟି ବୃହତ ଶିଳ୍ପ ଏଥିରେ ଅନ୍ତର୍ଭୁକ୍ତ । ଏହି ୧୨ଟି ଶିଳ୍ପସଂସ୍ଥା ନିମନ୍ତେ ସମୁଦାୟ ୮୭୯୬.୬୧ କୋଟି ଟଙ୍କା ବିନିଯୋଗ କରାଯିବ ଓ ଏଥିରେ ୭୦୯୦ ଜଣଙ୍କ ପାଇଁ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ ।
ଉଦଘାଟିତ ହୋଇଥିବା ୨ ଟି ପ୍ରକଳ୍ପ ହେଉଛି ଯାଜପୁର ହରିଦାସପୁର ଠାରେ ରାମକୋ ସିମେଂଟ ଲିମିଟେଡ୍ ର ସିମେଂଟ ଗ୍ରାଇଣ୍ଡିଂ ପ୍ଲାଂଟ ଏବଂ ବରଗଡର ବିଜେପୁର ଠାରେ ୨୫ କିଲୋୱାଟ୍ ଦକ୍ଷତା ବିଶିଷ୍ଟ ଆଦିତ୍ୟ ବିର୍ଲା ଗ୍ରୁପ୍ ର ସୋଲାର ପାୱାର ପ୍ଲାଂଟ ।
ମୁଖ୍ୟମନ୍ତ୍ରୀ ସମଗ୍ର ବିଶ୍ୱରେ କୋଭିଡ୍-୧୯ ପ୍ରଭାବ ବିସ୍ତାର କରିଥିବାବେଳେ ରାଜ୍ୟକୁ ପୁଞ୍ଜିନିବେଶକମାନଙ୍କ ଆକର୍ଷଣୀୟ ଲକ୍ଷ୍ୟସ୍ଥଳ ଭାବରେ ପରିଣତ କରିବାରେ ଓଡ଼ିଶା ତା'ର ପ୍ରାଧାନ୍ୟ ପ୍ରଦର୍ଶନ କରିଥିବାରୁ ସନ୍ତୋଷ ବ୍ୟକ୍ତ କରିଛନ୍ତି । ସେ ପୁନଶ୍ଚ କହିଛନ୍ତି ଯେ ସାଂପ୍ରତିକ ମାନକଗୁଡ଼ିକରୁ ରାଜ୍ୟ ଅର୍ଥନୀତି ପୂର୍ବାବସ୍ଥାକୁ ଫେରୁଥିବାର ଜଣାଯାଇଛି । ଶିଳ୍ପ ପ୍ରତିଷ୍ଠାନଗୁଡ଼ିକ ପୁନରୁଦ୍ଧାନ ମାର୍ଗରେ ଗତୀଶୀଳ ରହିଛନ୍ତି । ଶିଳ୍ପ କ୍ଷେତ୍ରରେ ଅଧିକ ଆସ୍ଥା ସୃଷ୍ଟି କରିବା ଦିଗରେ ଆଜି ଆରମ୍ଭ କରାଯାଇଥିବା ଶିଳ୍ପସଂସ୍ଥାଗୁଡ଼ିକ ନୂତନ ପ୍ରେରଣା ଯୋଗାଇଦେବେ ।
ମୁଖ୍ୟମନ୍ତ୍ରୀ ନୂତନ ପ୍ରକଳ୍ପଗୁଡ଼ିକ ପ୍ରତିଷ୍ଠା କରିଥିବା କମ୍ପାନୀଗୁଡ଼ିକୁ ଅଭିନନ୍ଦନ ଜଣାଇଛନ୍ତି ଓ ରାଜ୍ୟ ସରକାରଙ୍କ ପକ୍ଷରୁ ସେମାନଙ୍କୁ ସବୁମତେ ସହାୟତା ଯୋଗାଇ ଦିଆଯିବ ବୋଲି ପ୍ରତିଶ୍ରୁତି ଦେଇଛନ୍ତି । ଏହି ଶିଳ୍ପ ପ୍ରକଳ୍ପଗୁଡ଼ିକର ପ୍ରତିଷ୍ଠାକୁ ତ୍ୱରାନ୍ୱିତ କରିବା ଦିଗରେ ରାଜ୍ୟ ସରକାରଙ୍କ ସଂପୃକ୍ତ ବିଭାଗଗୁଡ଼ିକ ସମନ୍ୱିତ ଉଦ୍ୟମ କରିବାକୁ ମାନ୍ୟବର ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିଲେ ।
ଇସ୍ପାତ ଓ ଖଣି ମନ୍ତ୍ରୀ ଶ୍ରୀ ପ୍ରଫୁଲ୍ଲ ମଲ୍ଲିକ, ଶ୍ରମ ଓ କର୍ମଚାରୀ ରାଜ୍ୟବୀମା, ଗ୍ରାମ୍ୟ ଉନ୍ନୟନ ମନ୍ତ୍ରୀ ଶ୍ରୀ ସୁଶାନ୍ତ ସିଂ, ଶକ୍ତି, ଶିଳ୍ପ, ଏମ୍‌ଏସ୍‌ଏମ୍‌ଇ ମନ୍ତ୍ରୀ କ୍ୟାପ୍‌ଟେନ୍ ଦିବ୍ୟ ଶଙ୍କର ମିଶ୍ର, ସାଂସଦ ଶ୍ରୀମତୀ ଶର୍ମିଷ୍ଠା ସେଠୀ, ବିଧାୟକ ଶ୍ରୀ ପ୍ରଣବ ବଳବନ୍ତରାୟ, ବିଧାୟିକା ରୀତାରାଣୀ ସାହୁ ଓ ବିଧାୟିକା ଶ୍ରୀମତୀ ସ୍ନେହାଙ୍ଗିନୀ ଛୁରିଆ ବିଭିନ୍ନ ପ୍ରକଳ୍ପ ସ୍ଥାନରେ ଉପସ୍ଥିତ ଥିଲେ ।
ମୁଖ୍ୟ ଶାସନ ସଚିବ ଶ୍ରୀ ଅସିତ ତ୍ରିପାଠୀ, ଶିଳ୍ପ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ହେମନ୍ତ ଶର୍ମା, ଏମ୍‌ଏସ୍‌ଏମ୍‌ଇ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ସତ୍ୟବ୍ରତ ସାହୁ, ଓଡ଼ିଶା ଶିଳ୍ପ ବିକାଶ ନିଗମର ଅଧକ୍ଷ ତଥା ପରିଚାଳନା ନିର୍ଦ୍ଦେଶକ ଶ୍ରୀ ସଂଜୟ କୁମାର ସିଂ ଏବଂ ମୁଖ୍ୟମନ୍ତ୍ରୀଙ୍କ ସଚିବ (୫'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

# ବିଶ୍ୱବିଦ୍ୟାଳୟ ଆଇନ ପ୍ରତ୍ୟାହାର ପାଇଁ ଏ.ଆଇ.ଡି.ଏସ୍.ଓ ପକ୍ଷରୁ ରାଜ୍ୟପାଳଙ୍କୁ ଦାବୀପତ୍ର

ଭୁବନେଶ୍ୱର, (ପିଏନ)- ରାଜ୍ୟର ବହୁ କୁଳପତି, ପ୍ରଫେସର, ଅଧ୍ୟାପକ, ଛାତ୍ରଛାତ୍ରୀ ତଥା ବୁଦ୍ଧିଜୀବୀମାନଙ୍କ ପ୍ରତିବାଦକୁ ଏବଂ ମତାମତକୁ ସଂପୂର୍ଣ୍ଣ ଭ୍ରୂକ୍ଷେପ କରି ଏବଂ ସମସ୍ତ ପ୍ରକାର ଗଣତାନ୍ତ୍ରିକ ରୀତିନୀତିକୁ ସୁକୌଶଳରେ ବଳି ପକାଇ ଓଡିଶା ବିଶ୍ୱବିଦ୍ୟାଳୟ ସଂଶୋଧନ ବିଲ୍-୨୦୨୦କୁ ରାଜ୍ୟ ସରକାର ବିଧାନସଭାରେ ପାରିତ କରିଛନ୍ତି । ଏହି ଅଗଣତାନ୍ତ୍ରିକ, ଛାତ୍ର ଅଧ୍ୟାପକ କର୍ମଚାରୀ ତଥା ଶିକ୍ଷା ବିରୋଧି ପଦକ୍ଷେପକୁ ଏ.ଆଇ.ଡି.ଏସ୍.ଓ ତରଫରୁ ଦୃଢ ବିରୋଧ କରାଯାଇ ଆଜି ରାଜଭବନ ସମ୍ମୁଖରେ ଏକ ବିକ୍ଷୋଭ ସଂଗଠିତ ହୋଇଥିଲା । ବିକ୍ଷୋଭ ସ୍ଥଳରୁ ରାଜ୍ୟପାଳଙ୍କୁ ଦାବୀପତ୍ର ପ୍ରଦାନ କରାଯାଇ ଏହାକୁ ତୁରନ୍ତ ରଦ୍ଦ କରିବା ସହ ପୁନଃ ସରକାରଙ୍କୁ ଫେରାଇ ଦେବାକୁ ଦାବୀ କରାଯାଇଛି ।
ସୂଚନାଯୋଗ୍ୟ ଯେ, ସିନେଟ୍ ଉଚ୍ଛେଦ, ଅଧ୍ୟାପକ ନିଯୁକ୍ତି ବିଶ୍ୱବିଦ୍ୟାଳୟ ହାତରୁ କାଢିନେଇ ଓ.ପି.ଏସ୍.ସି କୁ ପ୍ରଦାନ, କୁଳପତି ଚୟନରେ ସିଣ୍ଡିକେଟ ବଦଳରେ ସରକାରୀ ପ୍ରତିନିଧି ସ୍ଥାନ ପାଇବା, ସିଣ୍ଡିକେଟର କ୍ଷମତାକୁ ସଙ୍କୁଚିତ କରି ଯୁଗ୍ମ ସଚିବ ପାହ୍ୟାର ଅଧିକାରୀଙ୍କୁ ଏହାର ସଭ୍ୟ କରିବା, ବିଶ୍ୱବିଦ୍ୟାଳୟର ଶୈକ୍ଷିକ ବ୍ୟବସ୍ଥାରେ ସରକାରୀ ନିୟନ୍ତ୍ରଣ ପ୍ରତିଷ୍ଠା କରିବା, ରେଭେନ୍ସା ବିଶ୍ୱବିଦ୍ୟାଳୟ ଆଇନ୍‌କୁ ବାତିଲ କରିବା ଭଳି ବହୁ ମାରାତ୍ମକ ସୁପାରିଶ ରାଜ୍ୟର ଉଚ୍ଚ ଶିକ୍ଷାର ସମାଧି ରଚନା କରିବ ବୋଲି ସଂଗଠନ ପକ୍ଷରୁ କୁହାଯାଇଛି । ଅନ୍ୟପଟରେ ରାଜ୍ୟ ସରକାର ସମସ୍ତ ମତାମତକୁ ଉପେକ୍ଷା କରି କରୋନା ସମୟରେ ବିଧାନସଭାରେ ଯେଭଳି ଭାବେ ଏହି ବିଲକୁ ପାରିତ କଲେ ତାହା ରାଜ୍ୟରେ ଏକ କଳା ଇତିହାସ ସୃଷ୍ଟି କରିଛନ୍ତି । ସଂଖ୍ୟାଗରିଷ୍ଠତା ବଳରେ ରାଜ୍ୟର ଜନଗଣ ପ୍ରତି ଛୁରିକାଘାତ କରିଛନ୍ତି । ଏହି ଫାସୀବାଦୀ ପଦକ୍ଷେପ ବିରୁଦ୍ଧରେ ଏ.ଆଇ.ଡି.ଏସ୍.ଓ ପକ୍ଷରୁ ଦୁଇ ଦିନ ଧରି ରାଜ୍ୟବ୍ୟାପୀ ବହୁ ପ୍ରତିବାଦ ବିକ୍ଷୋଭ, ବିଲ ପୋଡି କାର୍ଯ୍ୟକ୍ରମ ମାନ ଗ୍ରହଣ କରାଯାଇଛି ଏବଂ ଆଜି ରାଜଭବନ ସମ୍ମୁଖରେ ବିକ୍ଷୋଭ କରାଯାଇଥିଲା । ଏ.ଆଇ.ଡି.ଏସ୍.ଓ ରାଜ୍ୟ ସଭାପତି ଗଣେଶ ତ୍ରିପାଠୀ, ସଂପାଦକ ସୁବାସ ନାୟକ, ଉପସଭାପତି ସିର୍ଦ୍ଧାତ ରଥ, ଜୟନ୍ତ ମହାନ୍ତି, ସଂପାଦକ ମଣ୍ଡଳୀ ସଦସ୍ୟ ନସିମ ସରକାର, ଭାଗ୍ୟରବୀ ଦାସ, ସ୍ୱସ୍ତି ସଙ୍ଗିତା ଦଳାଇ, ବିନୋଦ ସେଠୀ, ତରୁଣସେନ ନାୟକ ପ୍ରମୁଖ ଛାତ୍ରନେତାମାନଙ୍କ ବିକ୍ଷୋଭରେ ସାମିଲ ହୋଇଥିଲେ । ଏହା ବିରୁଦ୍ଧରେ ରାଜ୍ୟର ଛାତ୍ର ସମାଜ, ବୁଦ୍ଧିଜୀବୀ, ସଚେତନ ନାଗରିକ ଏକଜୁଟ ହୋଇ ଆନ୍ଦୋଳନକୁ ଜୋରଦାର କରିବାକୁ ବିକ୍ଷୋଭ ସ୍ଥଳରୁ ଛାତ୍ରନେତାମାନେ ନିବେଦନ କରିଥିଲେ ।






## ଗୋବିନ୍ଦ ଗୋଧାମ ଗୋଶାଳା ପରିଦର୍ଶନ କଲେ ସିଡିଭିଓ

ପୁରୀ, (ପିଏନ)- କିଛି ଦିନ ତଳେ ଗୋରୁ ଚାଲାଣକୁ ଅଟକାଇ ଗାଇଗୁଡିକ ଜବତ କରି ପୁରୀ ସଦର ଥାନା ପୁଲିସ ଗୋବିନ୍ଦ ଗୋଧାମ ଗୋଶାଳାକୁ ପଠାଇଥିଲେ । ଆଜି ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସାଧିକାରୀ (ସିଡିଭିଓ) ଡା. ପ୍ରସନ୍ନ କୁମାର ପୃଷ୍ଟି , ଭେଟେନାରୀ ଡେପୁଟି ଡାଇରେକ୍ଟର ପ୍ରଶାନ୍ତ କୁମାର ସ୍ୱାଇଁ ପରିଦର୍ଶନରେ ଯାଇ ଗାଇଗୁଡିଙ୍କ ସ୍ୱାସ୍ଥ୍ୟବସ୍ଥା ପରକ୍ଷା କରିଥିଲେ । ଗାଇମାନଙ୍କ ରହିବା ସ୍ଥାନ ପରିଷ୍କାର ଓ ପରିଚ୍ଛନ୍ନ ରଖିବା ପାଇଁ ପରାମର୍ଶ ଦେଇଥିଲେ । ଗୋଖାଦ୍ୟ ରଖିବା ସ୍ଥାନ, ପାଣିର ସୁବ୍ୟବସ୍ଥା ଓ ବିଦ୍ୟୁତ୍ ସ୍ଥିତି ନେଇ ଯାଂଚ୍ କରିଥିଲେ ।
ଏହି ଯାଂଚ୍ ସମୟରେ ଗୋଶାଳାର ପ୍ରତିଷ୍ଠାତା ତଥା ସଂପାଦକ ପଣ୍ଡିତ ବିଷ୍ଣୁଚରଣ ପଣ୍ଡା, ମ୍ୟାନେଜର ଦିଲ୍ଲୀପ କୁମାର ମହାନ୍ତି, ହରପ୍ରସାଦ ମହାପାତ୍ର, କୈଳାସଚନ୍ଦ୍ର ପଣ୍ଡା, ମନୋଜ କୁମାର ପଣ୍ଡା, ବିକାଶ ହୋତା, ସର୍ବେଶ୍ୱର ପଣ୍ଡା, ପୁରୁଷୋତମ ପଣ୍ଡା, ଗଣେଶ୍ୱର ପଣ୍ଡା, ପିତାମ୍ବର ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ ।

## ୩୪୩ ଲିଟର ଦେଶୀମଦ ଜବତ, ଅଭିଯୁକ୍ତ ଚିଲିକା ଭିତରେ ଫେରାର

ପୁରୀ, (ପିଏନ)- ପୁରୀ ଜିଲ୍ଲା କୃଷ୍ଣପ୍ରସାଦ ଥାନା ଅନ୍ତର୍ଗତ ବ୍ରାହ୍ମଣଦେଓ କୁମାରପୁର ରିଙ୍ଗରୋଡରେ ଗୋଟିଏ ମାରୁତି ଓମିନି କାର୍ ନଂ ଏପି ୩୧ଏଲ ୫୩୮୭ କୁ ଜବତ କରିବା ସମୟରେ ସେଥିରେ ଥିବା ମଦ ବ୍ୟବସାୟୀ ଚିଲିକା ଭିତର ଦେଇ ଖସି ଯାଇଥିଲେ । ସେହି ଗାଡିରୁ ୧୪ଟି ଜରି ଅଖାରେ ୩୪୩ ଲିଟର ଦେଶୀମଦ ଥିବା ଜଣାପଡିଥିଲା । ଏହାକୁ ପୁଲିସ୍ ଜବତ କରିଛି । ଏ ସମ୍ପର୍କରେ କୃଷ୍ଣପ୍ରସାଦ ଥାନାରେ ୧୫୪/୨୦ରେ ମାମଲା ରୁଜୁ ହୋଇଛି ।

# ହରିଚନ୍ଦନପୁର ବ୍ଲକ ଠାକୁରପଡା ଗ୍ରାମ ପଂଚାୟତରେ ଆବାସ ଓ ପାଇଖାନା ନାମରେ କୋଟି କୋଟି ଟଙ୍କା ହରିଲୁଟ୍ ଅଭିଯୋଗ

ହରିଚନ୍ଦନପୁର,(ପିଏନ)-କେନ୍ଦୁଝର ଜିଲ୍ଲା ହରିଚନ୍ଦନପୁର ବ୍ଲକ ଠାକୁରପଡା ଗ୍ରାମ ପଂଚାୟତ ଅନ୍ତର୍ଗତ ଘଷଣାଟାଙ୍ଗର ଗ୍ରାମରେ ଇନ୍ଦିରା ଆବାସ, ପ୍ରଧାନମନ୍ତ୍ରୀ ଆବାସ, ପାଇଖାନା ଯୋଜନାରେ ଅନ୍ତର୍ଭୂକ୍ତ ଏକାଧିକ ହିତାଧିକାରୀଙ୍କ ଟଙ୍କା ହରିଲୁଟ୍ ହୋଇଛି । ପିଠାଗୋଳା ପଂଚାୟତରେ ଜିଆରଏସ ଭଳି ଘଷଣାଟାଙ୍ଗର ଗ୍ରାମରେ ସମିତି ସଭ୍ୟ ତ୍ରିଲୋଚନ ମହାନ୍ତ ଅନେକ ହିତାଧିକାରୀଙ୍କ ଗୃହ ନିର୍ମାଣ ଦାୟିତ୍ୱ ନେଇ ନିର୍ମାଣ କାର୍ଯ୍ୟ ଆରମ୍ଭ କରି ଅଧପାନ୍ତରିଆ ଅବସ୍ଥାରେ ଛାଡିଦେଇ ସମ୍ପୂର୍ଣ୍ଣ ଟଙ୍କା ଉଠାଇନେଇ ନିଜର ସମ୍ପତି ବଢାଇ ମାଲେମାଲ ହୋଇଥିବା ଅଭିଯୋଗ ହୋଇଛି । ସରକାରଙ୍କ ଆବାସ ଯୋଜନାରେ ଅନ୍ତର୍ଭୁକ୍ତ ହିତାଧିକାରୀ କୁସୁମୀ ମୁଣ୍ଡା, ଜିତେନ ମୁଣ୍ଡା, ବିକ୍ରମ ମୁଣ୍ଡା, ଭାସ୍କର ମୁଣ୍ଡା, ରୁକ୍ମଣୀ ମୁଣ୍ଡା ନରସିଂ ମୁଣ୍ଡାଙ୍କ ଘର ଗୁଡିକର ନିର୍ମାଣ କାର୍ଯ୍ୟ ଆଜକୁ ଦୀର୍ଘ ଦିନ ହେବ ସଭ୍ୟ ତ୍ରିଲୋଚନ ଆରମ୍ଭ କରିଥିଲେ । ହେଲେ ଆଜକୁ ଅନେକ ବର୍ଷ ବିତିଯାଇଥିଲେ ମଧ୍ୟ ସେହି ଘର ଗୁଡିକର କାର୍ଯ୍ୟ ସମ୍ପୂର୍ଣ୍ଣ ନକରି ସମସ୍ତ ଟଙ୍କା ଉଠାଇ ନେଇଥିବା ଯୋଗ୍ୟ ହିତାଧିକାରୀ ଅଭିଯୋଗ କରିଛନ୍ତି । ଘର ଗୁଡିକ ସମ୍ପୂର୍ଣ୍ଣ ହୋଇନଥିବା ନେଇ ଗରିବ ହିତାଧିକାରୀ ସରକାରୀ ଅନୁଦାନରେ ନିର୍ମିତ ନୂଆ ଘରକୁ ଚାହିଁ ଚାହିଁ ଭଙ୍ଗା ଓ ପର ଘରେ ଦୁର୍ଦ୍ଦିନରେ ଜୀବନ ବିତାଇବାକୁ ବାଧ ହେଉଛନ୍ତି । ସେହି ଭଳି ଗ୍ରାମରେ ସ୍ୱଚ୍ଛ ଭାରତ ଯୋଜନାରେ ୧୨ହଜାର ଟଙ୍କାର ପାଇଖାନା ପାଇଥିବା ଶତାଧିକ ହିତାଧିକାରୀଙ୍କ ପାଇଖାନା ଗୁଡିକ ଅଧନିର୍ମିତ ଅବସ୍ଥାରେ ଛାଡ଼ି ଅବଶିଷ୍ଟାଂଶ ଟଙ୍କାକୁ ହରିଲୁଟ୍ କରିନେଇଥିବା ଅଭିଯୋଗ ହୋଇଛି । ସାଧାରଣତଃ ଅଧିକାଂଶ ପାଇଖାନାର କବାଟ ଲାଗିନଥିବା ସହ ଟାଙ୍କି ନିର୍ମାଣ କରାଯାଇନାହିଁ । ସେହି ଭଳି ଅନେକ ପାଇଖାନା ଗୁଡିକ ଭାଙ୍ଗିବାକୁ ବସିଥିବା ବେଳେ ସେଗୁଡିକ ବର୍ତମାନ ସୁଦ୍ଧା ସମ୍ପୂର୍ଣ୍ଣ ହୋଇପାରିନାହିଁ । ଯାହାକୁ ନେଇ ହିତାଧିକାରୀମାନେ ମଳତ୍ୟାଗ ପାଇଁ ପୂର୍ବ ଭଳି ଖୋଲା ସ୍ଥାନ ବା ଜଙ୍ଗଲ ଉପରେ ନିର୍ଭର କରୁଛନ୍ତି । ଏଥିପ୍ରତି ପ୍ରଶାସନ ଦୃଷ୍ଟି ଦେଇ ତୁରନ୍ତ ଉକ୍ତ ଯୋଜନାର ପୁଙ୍ଖାନୁପୁଙ୍ଖ ତଦନ୍ତ କରି ଅଧସମ୍ପୂର୍ଣ୍ଣ ଘର ଓ ପାଇଖାନା ଗୁଡିକ ସମ୍ପୂର୍ଣ୍ଣ କରିବାକୁ ଜନସାଧାରଣରେ ଦାବି ହୋଇଛି ।

## ବହୁ ଚର୍ଚ୍ଚିତ ଝାରପୋଖରିଆ ବ୍ୟାଙ୍କ ଫ୍ରଡ୍ ମାମଲା

# ୫ ଅଭିଯୁକ୍ତଙ୍କୁ ୧୪ ବର୍ଷ ଲେଖାଏଁ ଜେଲ୍ ଦଣ୍ଡ, ୨୭ ଲକ୍ଷ ଟଙ୍କା ଜୋରିମାନା

ବାରିପଦା,(ପିଏନ)- ବହୁ ଚର୍ଚ୍ଚିତ ଝାରପୋଖରିଆ ବ୍ୟାଙ୍କ ଫ୍ରଡ୍ ମାମଲାର ବିଚାର କରି ଚିଫ୍ ଜୁଡିସିଆଲ ମାଜିଷ୍ଟ୍ରେଟ୍ ବିକାଶ ଚନ୍ଦ୍ର ଦେ ତାଙ୍କ ରାୟରେ ୫ ଅଭିଯୁକ୍ତଙ୍କୁ ୧୪ ବର୍ଷ ଲେଖାଏଁ ଜେଲ୍ ଦଣ୍ଡ ଓ ୨୭ ଲକ୍ଷ ଟଙ୍କା ଲେଖାଏଁ ଜୋରିମାନାରେ ଦଣ୍ଡିତ କରିଛନ୍ତି ।
୨୦୧୨-୧୩ ଆର୍ଥିକ ବର୍ଷରେ ଝାରପୋଖରିଆ ସ୍ଥିତ ବ୍ୟାଙ୍କ ଅଫ୍ ଇଣ୍ଡିଆ ଶାଖାରେ ଓଡ଼ିଶା ସରକାରଙ୍କ ଜଳନିଧି ଯୋଜନାରେ ଚାଷୀଙ୍କୁ ପାଣି ପମ୍ପ ଯୋଗାଇ ଦିଆଯାଇଥିଲା । ଏହି ସମୟରେ ୩୧ ଜଣ ଚାଷୀଙ୍କ ନାମରେ ଜାଲ୍ କାଗଜପତ୍ର କରି ୧ କୋଟି ୩୧ ଲକ୍ଷ ଟଙ୍କାର ଜାଲିଆତି କରାଯାଇଥିବାର ବ୍ୟାଙ୍କ ମ୍ୟାନେଜର ଗିରିଜା ଚକ୍ରବର୍ତି ଥାନାରେ ଅଭିଯୋଗ କରିଥିଲେ । ଏହି ଋଣ ଜାଲିଆତି କୋଟିଏ ଟଙ୍କାରୁ ଅଧିକ ହୋଇଥିବାରୁ ମାମଲାକୁ କ୍ରାଇବବ୍ରାଂଚର ଅର୍ଥନୈତିକ ଅପରାଧିକ ଶାଖା (ଇଓଡବ୍ଲ୍ୟୁ) ତଦନ୍ତ କରିଥିଲେ । ତଦନ୍ତ ପରେ ଅଭିଯୁକ୍ତଙ୍କ ନାମରେ ଇଓଡବ୍ଲ୍ୟୁ ଚାର୍ଜସିଟ୍ ଦାଖଲ କରିଥିଲେ । ଆଜି ଉକ୍ତ ମାମଲାରେ ୩୧ ଜଣ ସାକ୍ଷୀଙ୍କ ବୟାନକୁ ଆଧାର କରି ଅଦାଲତ ତତ୍କାଳୀନ ବ୍ୟାଙ୍କ ମ୍ୟାନେଜର ଗିରିଜାଶଙ୍କର ମିଶ୍ର, ଫିଲ୍ଡ ଅଫିସର ସତ୍ୟରୂପା ମହାନ୍ତି, ପାଣିପମ୍ପ ସପ୍ଲାୟର ବଙ୍ଗାଳି ଜେନା, ତାଙ୍କ ପୁଅ ସୁଶାନ୍ତ ଜେନା ଏବଂ ପାଣି ପମ୍ପ କମ୍ପାନୀର ଏଜେଂଟ ସତ୍ୟାନନ୍ଦ ପାତ୍ରଙ୍କୁ ଆଇପିସିର ଧାରା ୧୬୭/୪୬୭/ ୪୬୮/୪୭୧/୪୦୬/୪୦୯/୪୨୦ ଓ ୧୨୦ ରେ ଦୋଷୀ ସାବ୍ୟସ୍ତ କରିବା ସହ ୧୪ ବର୍ଷ ଲେଖାଏଁ ଜେଲ୍ ଦଣ୍ଡ ସହ ୨୭ ଲକ୍ଷ ଲେଖାଏଁ ଜୋରିମାନାରେ ଦଣ୍ଡିତ କରିଛନ୍ତି । ସମସ୍ତ ୫ ଅଭିଯୁକ୍ତଙ୍କୁ ଆଜି ଗିରଫ ପରେ କୋର୍ଟଚାଲାଣ କରାଯାଇଛି ।

ଖେଳ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ
୨୬ ବର୍ଷରେ
Bhubaneswar Saturday April 27, 2024 ଭୁବନେଶ୍ୱର ଶନିବାର, ଅପ୍ରେଲ ୨୭,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com ୮

# ବିଜେଡି ରୁ ଟିକେଟ ପାଇଲା ପରେ ଦିଲ୍ଲିପ ଭୁଲି ଗଲେକି ବିଜେଡି କର୍ମୀଙ୍କୁ ?

ନିମାପଡ଼ା,(ପି.ଏନ): ରାଜ୍ୟର ତିନୋଟି ପ୍ରମୁଖ ଦଳ ପକ୍ଷରୁ ନିମାପଡ଼ାରେ ଟିକେଟ ବଣ୍ଟନ ସରିଛି ।ଏଣୁ ନିମାପଡ଼ା ନିର୍ବାଚ଼ନ ମଣ୍ଡଳୀରେ ରାଜନୈତିକ ବାତାବରଣ ବେଶ ଉଷ୍ମ ହୋଇ ଉଠିଲାଣି ।ଏଠାରେ ବିଜେଡ଼ିରୁ ଦିଲ୍ଲିପ ନାୟକ,ବିଜେପିରୁ ପ୍ରଭାତୀ ପରିଡ଼ା ଓ କଂଗ୍ରେସରୁ ସିଦ୍ଧାର୍ଥ ରାଉତରାୟଙ୍କୁ ଦଳ ପ୍ରାର୍ଥୀ ଘୋଷଣା କରିଛି ।ଯଦିଓ କେହି ନାମାଙ୍କନ ପତ୍ର ଦାଖଲ କରିନାହାନ୍ତି କିନ୍ତୁ ନିଜ ନିଜ ସମର୍ଥକ ମାନଙ୍କ ସହିତ ନିର୍ବାଚ଼ନ ମଣ୍ଡଳୀର ବିଭିନ୍ନ ସ୍ଥାନ ଗସ୍ତ କରି ନିଜ ସପକ୍ଷରେ ପ୍ରଚ଼ାର କାର୍ଯ୍ୟ ଆରମ୍ଭ କରି ଦେଇଥିବା ବେଳେ ବିଜେପିରୁ ଟିକେଟ ନ ପାଇ ଗତ ୧୫/୨୦ଦିନ ତଳେ ବିଜେଡ଼ିରେ ମିଶି ବିପୁଳ ଅର୍ଥ ବ୍ୟୟରେ ଟିକେଟ ହାତେଇ ଥିବା ଦିଲ୍ଲିପ ନାୟକ କଂଗ୍ରେସ ଓ ବିଜେପିର ଆମଦାନୀ କର୍ମୀଙ୍କୁ ଧରି ବାରମ୍ବାର ଗୁପ୍ତ ବୈଠକ କରିବାରେ ଲାଗିଛନ୍ତି । ଶାସକ ଦଳରୁ ଟିକେଟ ପାଇ ବାହାରକୁ ଖୁସି ଜଣାପଡୁ ଥିଲେ ମଧ ମନଭିତରେ କୋଉଠି ନା କୋଉଠି ଭୟ ଦେଖିବାକୁ ମିଳୁଥିବା ସ୍ପଷ୍ଟ ବାରି ହୋଇ ପଡୁଛି ।ନିମାପଡା ନିର୍ବାଚ଼ନ ମଣ୍ଡଳୀର ତିନି ଥର ବିଧାୟକ ହୋଇଥିବା ସମୀର ରଞ୍ଜନ ଦାଶଙ୍କୁ ବିଜେଡି ଟିକେଟରୁ ବଞ୍ଚିତ କରି କିଛି ଦିନ ତଳେ ବିଜେପିରୁ ଆସି ମିଶିଥିବା ଦିଲ୍ଲିପ ନାୟକଙ୍କୁ ଦଳ ଟିକେଟ ଦେଲା ପରେ ବିଜେଡିରେ ଏବେ ଅସନ୍ତୁଷ୍ଟ ବଢ଼ିବାରେ ଲାଗିଛି ।ଏପଟେ ଦିଲ୍ଲିପ ନାୟକ ବିଜେଡିରୁ ଟିକେଟ ପାଇବା ପରେ ଉଦ୍ଧତର ଚ଼ରମ ସୀମାରେ ପହଞ୍ଚି ଯାଇଛନ୍ତି ବୋଲି ଦଳୀୟ କର୍ମୀଙ୍କ ଠାରୁ ଶୁଣିବାକୁ ମିଳୁଛି ।ବିଜେଡିରୁ ଟିକେଟ ପାଇବା ପରେ ଦିଲ୍ଲିପ ଏବେ ନିମାପଡା ନିର୍ବାଚ଼ନ ମଣ୍ଡଳୀର ପୁରୁଖା ନେତା,ପଂଚ଼ାୟତର ଲୋକ ପ୍ରତିନିଧିଙ୍କ ସହିତ ବିଜେଡିର ଆଗ ଧାଡ଼ିର ନେତା ଓ କର୍ମୀ ମାନଙ୍କୁ ନ ଖୋଜି ଅଣ ବିଜେଡି କର୍ମୀ ମାନଙ୍କୁ ନେଇ ବୁଲିବାରେ ଲାଗିଛନ୍ତି ।ଚ଼ାରିଛକ ଠାରେ ଅନୁଷ୍ଠିତ ମିଶ୍ରଣ ବୈଠକରେ ସେହି ପୁରୁଣା ବିଜେପି କର୍ମୀ ମାନଙ୍କୁ ମିଶାଇ ବାହାବା ନେବାକୁ ବସିଥିବା ବେଳେ ନିମାପଡ଼ା ବିଜ୍ଞାପିତ ଅଞ୍ଚଳ ପରିଷଦର ୪ନମ୍ବର କାଉନସିଲର ଧନୁର୍ଦ୍ଧର ଦାସ ଏ ସବୁ ଦେଖି ବିରକ୍ତି ପ୍ରକାଶ କରି ସ୍ଥାନ ଛାଡ଼ି ଚ଼ାଲି ଆସିଥିଲେ ।ମାତ୍ର ଶ୍ରୀଯୁକ୍ତ ନାୟକ ଆସି କାଉନସିଲର ଶ୍ରୀଯୁକ୍ତ ଦାସଙ୍କୁ ବୁଝାସୁଝା କରି ଫେରାଇ ନେଇଥିଲେ ।ଏଥିରୁ ଜଣାପଡୁଛି ଦିଲ୍ଲିପ ନାୟକଙ୍କର ସାଂଗଠନିକ ଦକ୍ଷତା କେମିତି ଅଛି ।ଏଠାରେ ସୂଚ଼ନାଯୋଗ୍ୟ କଂଗ୍ରେସ ଛାଡି ବିଜେପିରେ ମିଶିବା ପରେ ଶ୍ରୀଯୁକ୍ତ ନାୟକ ଏହି ସମାନ ପନ୍ଥା ଆପଣେଇ ଥିଲେ ।ପ୍ରତ୍ୟେକ ଦିନ ନିଜର ଲୋକ ଦେଖି ବିଜେପିରେ ମିଶାଇ ଖବର କାଗଜରେ ପ୍ରକାଶ କରୁଥିଲେ ।ଉଦ୍ଦେଶ୍ୟ ଥିଲା ଏମିତି କରିବା ଦ୍ୱାରା ବିଜେପିର ଉପର ନେତୃତ୍ୱ ଖୁସି ହେବେ ଏବଂ ୨୦୨୪ ସାଧାରଣ ନିର୍ବାଚ଼ନରେ ବିଜେପି ଦଳରୁ ତାଙ୍କୁ ଟିକେଟ ମିଳିବ ।ମାତ୍ର ସେହି ଫର୍ମୁଲା କାମ ଦେଲାନି ।ଆଉ ଗୋଟିଏ କଥା ମଧ ଅସମର୍ଥିତ ସୂତ୍ରରୁ ଶୁଣିବାକୁ ମିଳିଛି ଶ୍ରୀଯୁକ୍ତ ନାୟକଙ୍କୁ ବିଜେପି ଟିକେଟ ମିଳିଥାଆନ୍ତା ମାତ୍ର ସେ କୁଆଡେ ବିଜେପିରେ ଥାଇ ବିଜେଡି ଟିକେଟ ପାଇବା ପାଇଁ ବିଜେଡି ନେତାଙ୍କ ଦ୍ୱାରସ୍ଥ ହେବାର ଠୋସ୍ ପ୍ରମାଣ ବିଜେପି ପାଇବା ପରେ ତାଙ୍କୁ ଟିକେଟରୁ ବଞ୍ଚିତ କଲେ ।ତା ପରେ ଦଳୀୟ ଟିକେଟ ନେଇ ବିଧାୟକ ହେବା ପାଇଁ ଶ୍ରୀଯୁକ୍ତ ନାୟକ ଏତେ ମାତ୍ରାରେ ବିକଳ ଯେ ତିନି ବର୍ଷ ମଧ୍ୟରେ ତିନୋଟି ଦଳ ପରିବର୍ତ୍ତନ କରିସାରିଲେଣି ।ଆଜି ବଳଙ୍ଗାଠାରେ ଏକ ମିଶ୍ରଣ ବୈଠକ କରିବା ପାଇଁ ଗୁରୁବାର ଦିନ ସେହି ପୁରୁଣା ବିଜେପି କର୍ମୀ ମାନଙ୍କ ପାଖକୁ ଯାଇ ମିଟିଂକୁ ଆସିବା ପାଇଁ ନେହୁରା ହେଉଥିବା ସମୟରେ କର୍ମୀ ମାନେ ରୋକ୍ ଠୋକ୍ ମନାକରିଦେଇଥିବାର ଶୁଣିବାକୁ ମିଳିଛି ।ଏସବୁ ପରେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଦୃଶ୍ୟ ଶ୍ରାବ୍ୟ ଗଣମାଧମରେ ଶ୍ରୀଯୁକ୍ତ ନାୟକ ଯେଉଁ ବୟାନ ଦେଉଛନ୍ତି ସେଥିରୁ ଜଣାପଡୁଛି ତାଙ୍କର ଶିକ୍ଷାଗତ ଯୋଗ୍ୟତା ବିଷୟରେ ।ଯଦି ନିର୍ବାଚ଼ନରେ ବିଜୟଲାଭ କରନ୍ତି ଭଲକଥା,ଯଦି ପରାଜୟ ହୁଏ ତେବେ ଯା ପରେ କୋଉ ଦଳକୁ ଯିବେ ନା ବିଜେଡିରେ ରହିବେ ତାହା ନିମାପଡ଼ା ନିର୍ବାଚ଼ନ ମଣ୍ଡଳୀର ଭୋଟର ବିଚ଼ାର କରିବେ ।

# ଭୁବନେଶ୍ୱର ନଗର ରାଜଭାଷା କାର୍ଯ୍ୟାନ୍ୱୟନ ସମିତି (ଉପକ୍ରମ)ର ୧୯ତମଷାଣ୍ମାସିକ ବୈଠକ ଅନୁଷ୍ଠିତ



ଭୁବନେଶ୍ୱର, (ପି.ଏନ): ନାଲକୋ ଅଧକ୍ଷତାରେ ଆଜି ନାଲକୋ କର୍ପୋରେଟ କାର୍ଯ୍ୟାଳୟ ଠାରେ ଭୁବନେଶ୍ୱର ନଗର ରାଜଭାଷା କାର୍ଯ୍ୟାନ୍ୱୟନ ସମିତି (ଉପକ୍ରମ)ର ୧୯ତମ ଷାଣ୍ମାସିକ ବୈଠକଅନୁଷ୍ଠିତ ହୋଇଯାଇଛି । ନାଲକୋ ସିଏମଡି ଶ୍ରୀ ଶ୍ରୀଧର ପାତ୍ରଙ୍କ ଅଧକ୍ଷତାରେ ଏବଂ ଭାରତ ସରକାରଙ୍କ ଗୃହ ମନ୍ତ୍ରଣାଳୟ ଅଧିନସ୍ଥ ରାଜଭାଷା ବିଭାଗର ପୂର୍ବାଞ୍ଚଳ କ୍ଷେତ୍ରୀୟ ମୁଖ୍ୟ ଶ୍ରୀ ନିର୍ମଳ କୁମାର ଦୁବେଙ୍କ ଉପସ୍ଥିତିରେ ଅନୁଷ୍ଠିତ ଏହି ବୈଠକରେ ସରକାରୀ ଭାଷା ହିନ୍ଦୀର ବ୍ୟବହାରକୁ ପ୍ରୋତ୍ସାହିତକରିବା, ହିନ୍ଦୀକର୍ମଶାଳା, ହିନ୍ଦୀ ପ୍ରତିଯୋଗିତା ଇତ୍ୟାଦି କାର୍ଯ୍ୟକ୍ରମ ଆୟୋଜନ, ଉପ-କମିଟିଗଠନ, ସମିତି ପକ୍ଷରୁ ପତ୍ରିକା ଏବଂ କାର୍ଯ୍ୟାଳୟରେ ହିନ୍ଦୀରେ କାର୍ଯ୍ୟ ବୃଦ୍ଧି ପାଇଁ ବିଭିନ୍ନ ପଦକ୍ଷେପ ଉପରେ ଆଲୋଚ଼ନା କରାଯାଇଥିଲା ।ଏହା ବ୍ୟତୀତ, ଗତ ଚ଼ରି ମାସରେ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାର ବିଜେତାମାନଙ୍କୁ ମଧବୈଠକରେ ପୁରସ୍କୃତ କରାଯାଇଥିଲା ।ସଦସ୍ୟ କାର୍ଯ୍ୟାଳୟମାନଙ୍କ ଅଗ୍ରଗତିରେ ଖୁସି ବ୍ୟକ୍ତ କରିବା ଅବସରରେ ନାଲକୋ ସିଏମଡି ଶ୍ରୀ ଶ୍ରୀଧର ପାତ୍ର ହିନ୍ଦୀ ଭାଷାର ବ୍ୟବହାର ବୃଦ୍ଧି ନିମନ୍ତେ ଆହ୍ୱାନ ଦେଇଥିଲେ ଏବଂ ମିଳିତପ୍ରୟାସ ମାଧମରେ ନିଜ କାର୍ଯ୍ୟାଳୟରେ ହିନ୍ଦୀର ବ୍ୟବହାର ବୃଦ୍ଧି ନିମନ୍ତେ ଆବଶ୍ୟକୀୟ ପଦକ୍ଷେପ ନେବାକୁ ପରାମର୍ଶ ଦେଇଥିଲେ । ଏହି ବୈଠକରେ ପାୱାର ଗ୍ରୀଡ କର୍ପୋରେସନ, ହିନ୍ଦୁସ୍ତାନ ପେଟ୍ରୋଲିୟମ, ସେଲ, ଏମସିଏଲ, ବିଏଚ଼ଇଏଲ, ଏଫସିଆଇ, ହୁଡକୋ, ବିଇଏମଏଲ, ଆରସିଏଫଏଲ, ଗେଲ, ଇଣ୍ଡିଆନ ଅଏଲ, ଭାରତ ପେଟ୍ରୋଲିୟମ, ଆରଆଇଏନଏଲ, ଏନଟିପିସି, ରାଇଟସ, ଆରଇସି, କଳିଙ୍ଗ ଅଶୋକ ହୋଟେଲ, ୱାପକସ, ସିଏମପିଡିଆଇ, ଏବଂ ଅନ୍ୟ ସରକାରୀ ଉପକ୍ରମ ଓ ଉଦ୍ୟୋଗମାନଙ୍କର ଅଧିକାରୀମାନେ ଯୋଗ ଦେଇଥିଲେ । ବୈଠକରେ ନାଲକୋର ସମୂହ ମହା ପ୍ରବନ୍ଧକ(ପ୍ରଶାସନ ଓ କର୍ପୋରେଟ ଯୋଗାଯୋଗ) ଶ୍ରୀ ଆଶୁତୋଷ ରଥ ସ୍ୱାଗତ ଭାଷଣ ଦେଇଥିବା ବେଳେ, ପରିଚ଼ାଳକ(ରାଜଭାଷା) ଶ୍ରୀ ହିମାଂଶୁ ରାୟ କାର୍ଯ୍ୟକ୍ରମ ପରିଚ଼ାଳନା କରିଥିଲେ ।

# କିମ୍ସରେ ନୂତନ ପଦ୍ଧତିରେ ଅସ୍ତ୍ରୋପଚାର: ଛାତିରୁ ବାହାରିଲା ୨କେଜି ଓଜନର ଟ୍ୟୁମର



ଭୁବନେଶ୍ୱର,(ପି.ଏନ): କିମ୍ସ କ୍ୟାନ୍ସର ସେଣ୍ଟରରେ ଏକ ନୂତନ ପଦ୍ଧତିରେ ଅସ୍ତ୍ରୋପଚାର କରାଯାଇ ମଧ୍ୟଛଦା (ଡାୟାଫ୍ରାମ୍)ରୁ ଟ୍ୟୁମର ବାହାର କରିବାରେ ଡାକ୍ତରମାନେ ସଫଳ ହୋଇଛନ୍ତି । ସର୍ଜିକାଲ ଅନ୍କୋଲୋଜି କ୍ଷେତ୍ରରେ ଏହି ପଦ୍ଧତି ଏକ ମହତ୍ତ୍ୱପୂର୍ଣ୍ଣ ସଫଳତା ବୋଲି କୁହାଯାଉଛି । ଜନୈକ ରୋଗୀଙ୍କ ବାମ ପାର୍ଶ୍ୱ ଛାତି ଭିତରେ ଅସାମାନ୍ୟ ଭାବେ ବୃଦ୍ଧି ଘଟିଥିବା ପ୍ରାୟ ୨କେଜି ଓଜନର ଏକ ଟ୍ୟୁମରକୁ କିମ୍ସର ବରିଷ୍ଠ ସର୍ଜିକାଲ ଅନ୍କୋଲୋଜିଷ୍ଟ ଡା. ସବ୍ୟସାଚୀ ପରିଡ଼ାଙ୍କ ନେତୃତ୍ୱରେ ଡାକ୍ତରୀଦଳ ବାହାର କରିବାରେ ସଫଳ ହୋଇଛନ୍ତି । ଏହି ଟ୍ୟୁମର ବୃଦ୍ଧି ପାଇବା ଯୋଗୁଁ ରୋଗୀ ଖାଦ୍ୟ ଗ୍ରହଣ ଓ ଅନ୍ୟାନ୍ୟ ପ୍ରକ୍ରିୟାରେ ବ୍ୟାଘାତ ସୃଷ୍ଟି ହେଉଥିଲା । ପୂର୍ବରୁ ଏଭଳି ଟ୍ୟୁମରକୁ ତୁରନ୍ତ ବାହାର କରିବା ପାଇଁ ଉଭୟ ତଳିପେଟ ଓ ଛାତିରେ ଅସ୍ତ୍ରୋପଚାର କରିବାକୁ ପଡୁଥିଲା । ଏହା ରୋଗୀକୁ ଯନ୍ତ୍ରଣା ସହ ବହୁ ଅସୁବିଧାରେ ପକାଉଥିଲା । ତେବେ ଡା. ପରିଡ଼ାଙ୍କ ଏହି ନୂଆ କୌଶଳ ରୋଗୀଙ୍କ ଯନ୍ତ୍ରଣା କମ କରିବା ସହ ଶୀଘ୍ର ଉପଶମ ମିଳିବା ସମ୍ଭାବନା ଦେଖାଦେଇଛି । ଡାକ୍ତରୀ ଦଳରେ ଡା. ମୋନିକା ଦାବଗୋତ୍ର, ନିଶ୍ଚେତକ ବିଶେଷଜ୍ଞ ଡା. ବିଭାସ ପ୍ରସାଦ ବାରିକ, ଟେକ୍ନିସିଆନ୍ କଳ୍ପନା ଓଝା, ବରିଷ୍ଠ ସେବିକା ମିକିନା ପ୍ରଧାନ ଓ ଅନ୍ୟ ସ୍ୱାସ୍ଥ୍ୟ କର୍ମୀ ଦୀର୍ଘ ୬ଘଣ୍ଟା ଅକ୍ଲାନ୍ତ ପରିଶ୍ରମ ପରେ ଏହି ଅସ୍ତ୍ରୋପଚାର ସଫଳ ହୋଇଛି ।କିମ୍ସ କ୍ୟାନ୍ସର ସେଣ୍ଟରରେ ଅସ୍ତ୍ରୋପଚାର ପାଇଁ ଅତ୍ୟାଧୁନିକ ଯନ୍ତ୍ରପାତି ଉପଲବ୍ଧ ହେଉଥିବାରୁ ଏଭଳି ଅସ୍ତ୍ରୋପଚାର ସମ୍ଭବ ହୋଇପାରିଲା ବୋଲି ଡା. ପରିଡ଼ା ସୂଚନା ଦେଇଛନ୍ତି । ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଅନ୍ତଃ-ଅପରେଟିଭ ଜଟିଳତା ବା ରକ୍ତଦାନ ବିନା ଏହି ଅସ୍ତ୍ରୋପଚାର ସଫଳ ହୋଇପାରିଛି । ଅସ୍ତ୍ରୋପଚାର ପରେ ରୋଗୀ ଅସ୍ତ୍ରୋପଚାର ଟେବଲରୁ ସ୍ୱତଃ ଉଠିବାରେ ସକ୍ଷମ ହୋଇଥିଲେ ଓ ଉପଶମ ପାଇଁ ତାଙ୍କୁ ଆଇସିୟୁର ଆବଶ୍ୟକତା ପଡ଼ିନଥିଲା । ଏଭଳି ନୂତନ ପ୍ରକ୍ରିୟାରେ ସଫଳ ଅସ୍ତ୍ରୋପଚାର କରିଥିବା ଡା. ପରିଡ଼ା ଓ ଡାକ୍ତରୀ ଦଳକୁ କିଟ୍, କିସ୍ ଓ କିମ୍ସ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଧନ୍ୟବାଦ ଜଣାଇଥିବା ବେଳେ ରୋଗୀଙ୍କ ଆଶୁ ଆରୋଗ୍ୟ କାମନା କରିଛନ୍ତି ।

# ଓଡ଼ିଶାରେ ବିଜେଡ଼ି, ବିଜେପିର ସମଝୋତା ଲଢ଼େଇ, ଅମିତ ଶାହାଙ୍କ ଆକ୍ଷେପ କେବଳ ଲୋକ ଦେଖାଣିଆ:କଂଗ୍ରେସ




ଭୁବନେଶ୍ୱର,(ପି.ଏନ): ଗତକାଲି ସୋନପୁର ଠାରେ କେନ୍ଦ୍ର ଗୃହମନ୍ତ୍ରୀଙ୍କ ବକ୍ତବ୍ୟ ଉପରେ ଓଡ଼ିଶା ପ୍ରଦେଶ କଂଗ୍ରେସ ପକ୍ଷରୁ ତୀବ୍ର ପ୍ରତିକ୍ରୀୟା ପ୍ରକାଶ ପାଇଛି ।

ଆଜି ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟ, କଂଗ୍ରେସ ଭବନ ଠାରେ ବରିଷ୍ଠ କଂଗ୍ରେସ ନେତା, ରାଜ୍ୟ କଂଗ୍ରେସ ସେବା ଦଳର ଅଧକ୍ଷ ଡ. ଆର୍ଯ୍ୟ କୁମାର ଜ୍ଞାନେନ୍ଦ୍ର ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି ଯେ, ଓଡ଼ିଶାରେ ବିଜେଡ଼ି ବିଜେପିର ଏକ ବନ୍ଧୁତ୍ୱପୂର୍ଣ୍ଣ ଲଢ଼େଇ ଚାଲିଛି । ଓଡ଼ିଶାରେ ସେମାନଙ୍କର ଏକ ମାତ୍ର ଲକ୍ଷ୍ୟ କଂଗ୍ରେସ ଦଳକୁ ଶାସନ ଠାରୁ ଦୂରେଇ ରଖିବା । ଓଡ଼ିଶାର ଭୋଟର ଭାଇ ଭଉଣୀ ମାନଙ୍କୁ ବିଭ୍ରାଂ କରିବାପାଇଁ ବିଭିନ୍ନ ସମୟରେ ବିଜେପି ନେତାମାନେ ଏଭଳି ବକ୍ତବ୍ୟମାନ ରଖିବେ, ଏଣୁ ଏଥିରେ ଆଶ୍ଚର୍ଯ୍ୟ ହେବାର ନାହିଁ । ଯେଉଁ ମୁଖ୍ୟମନ୍ତ୍ରୀଙ୍କୁ ସେ ଗତ ୫ ବର୍ଷ ତଳେ ପୋଡ଼ା ଟ୍ରାନ୍ସଫରମର ବୋଲି କହିଥିଲେ, ସେଇ ମୁଖ୍ୟମନ୍ତ୍ରୀ ତାଙ୍କ ପ୍ରଧାନ ମନ୍ତ୍ରୀଙ୍କ ଦ୍ୱାରା ଦେଶର ଶ୍ରେଷ୍ଠ ମୁଖ୍ୟମନ୍ତ୍ରୀ ହୋଇଗଲେ ? ଶ୍ରୀ ଶାହା କହିଛନ୍ତି ଓଡ଼ିଶାରେ ଡବଲ ଇଂଜିନ ସରକାର ଦରକାର, ଡ. ଜ୍ଞାନେନ୍ଦ୍ର ପ୍ରଶ୍ନ କରିଛନ୍ତି, କର୍ଣ୍ଣାଟକରେ ତୁମ ଡବଲ ଇଂଜିନ ସରକାର ଫେଲ ମାରିଲା କାହିଁକି, ତାର ଉତର ଶ୍ରୀ ଶାହା ଭୋଟରଙ୍କୁ ଦେବା ଉଚିତ । ଓଡ଼ିଶାରେ ଅଫିସରଙ୍କ ମାଧମରେ ଭ୍ରଷ୍ଟାଚାର ଚାଲିଛି ଜାଣି କରି, ଶ୍ରୀ ଶାହା ଓଡ଼ିଶା ରାଜ୍ୟ ସରକାରଙ୍କ ଜଣେ ସରକାରୀ ଅଫିସରଙ୍କ ସହ ଗତ ଦୁଇମାସ ତଳେ ହୋଟେଲ ମେ ଫେୟାରରେ କ'ଣ ଆଲୋଚନା କରିଥିଲେ, ସର୍ବ ସାଧାରଣରେ ପ୍ରକାଶ ପାଇବା ଉଚିତ୍ । ଶ୍ରୀ ସାହା ପୁଣି କହିଛନ୍ତି ଯେ ଓଡ଼ିଶାରେ ୨୦ ବର୍ଷରେ ବିକାଶ କିଛି ହୋଇନାହିଁ । ଯାହା ଥିଲା ତାହା, ତେବେ ଶ୍ରୀ ଶାହା ମାନିବା ଉଚିତ ଯେ, ୨୫ ବର୍ଷ ଶାସନରେ ତୁମ ଦଳ ତାଙ୍କ ସହ ୯ ବର୍ଷ ଥିଲା, ସେଥିପାଇଁ ବିଜେପି ଦଳ ମଧ ଦାୟୀ ବୋଲି ଶ୍ରୀ ଜ୍ଞାନେନ୍ଦ୍ର କହିଛନ୍ତି । ଜ୍ଞାନେନ୍ଦ୍ର ଅନ୍ୟପଟେ ଭାରତ ବର୍ଷର ପ୍ରଧାନମନ୍ତ୍ରୀଙ୍କ ଭାଷଣରେ ମହିଳାମାନଙ୍କ ମଙ୍ଗଳ ସୂତ୍ର କଂଗ୍ରେସ ଛଡ଼ାଇ ନେବାଭଳି ବକ୍ତବ୍ୟକୁ ମଧ କଠୋର ଭାବେ ଖଣ୍ଡନ କରିଛଁ । କଂଗ୍ରେସ ଦଳ ଗରୀବଙ୍କ ସୁନା ଟଙ୍କା ଛିଣ୍ଡାଏ ନାହିଁ । ବିଜେପି ଦଳ ବିମୁଦ୍ରୀକରଣ ନାମରେ ଭାରତ ବର୍ଷର ଅଗଣିତ ଭାଇଭଉଣୀଙ୍କ ଝାଳବୁହା ସଂଚିତ ଧନକୁ ରାତା ରାତି ଛିଣ୍ଡାଇ ନେଇ ୧୫୦ ମା ଭଉଣୀଙ୍କୁ ବିଧବା କରି ରାସ୍ତାରେ ଠିଆ କରାଇଥିଲା । ପ୍ରଧାନମନ୍ତ୍ରୀ ଭୁଲି ଯାଇଛଁ ୧୯୬୯ ମସିହାରେ ଶ୍ରୀମତୀ ଇନ୍ଦିରା ଗାନ୍ଧୀ ୧୪ ଗୋଟି ଘରୋଇ ବ୍ୟାଙ୍କକୁ ଜାତୀୟକରଣ କରି ବଡ଼ଲୋକଙ୍କ ଟଙ୍କାକୁ ଉଠାଇ ସାଧାରଣ ଜନତାପାଇଁ ଖର୍ଚ୍ଚ କଲେ । ସେତେବେଳେ ଦେଶର ଜନସଂଘୀ ଭାଇମାନେ ଏହାକୁ ସବୁ କ୍ଷେତ୍ରରେ ବିରୋଧ କରିଥିଲେ । ସେଇଭଳି ୧୯୭୧ ମସିହାରେ ଶ୍ରୀମତୀ ଇନ୍ଦିରା ଗାନ୍ଧୀ, ରାଜା ମହାରାଜାଙ୍କ ହାତପାଣ୍ଠି ଉଚ୍ଛେଦ କରି, ତଳେ ପଡ଼ିଥିବା ମଣିଷ ପାଇଁ ସେ ଅର୍ଥକୁ ଯୋଗାଇ ଦେଇଥିଲେ । ଏଭଳି ଯୁଗାନ୍ତକାରୀ ନିଷ୍ପତିକୁ ମଧ ରାଜ୍ୟ ସଭାରେ ବିଜେପି ଦଳର ପୂର୍ବ ସୂରୀମାନେ ତୀବ୍ର ବିରୋଧ କରିଥିଲେ । ଭାରତ ବର୍ଷର ସ୍ୱଧୀନତା ସଂଗ୍ରାମରେ ପଣ୍ଡିତ ଜବହାରଲାଲ ନେହେରୁଙ୍କ ପରିବାର ସର୍ବସ୍ୱ ଦାନ କରି ଦେଇଛଁ । ତାଙ୍କୁ ସମାଲୋଚନା କରିବା ଅର୍ଥ ପୂର୍ବ ପୁରୁଷଙ୍କ ପ୍ରତି କୃତଘ୍ନତା ହେବ । ଆଗାମୀ ନିର୍ବାଚନରେ କଂଗ୍ରେସ ଦଳ ଯେଉଁ ୫ଗୋଟି ଗ୍ୟାରେଂଟି ଦେଇଛି ତାହା କେବଳ ଲୋକ କଲ୍ୟାଣ ପାଇଁ । ଏଥିରେ ପ୍ରଧାନମନ୍ତ୍ରୀ ଜୀରାରୁ ଶିରା କାଢ଼ି ଭାରତବର୍ଷର ଜନତାଙ୍କୁ କେବଳ ବିଭ୍ରାନ୍ତ କରିଛନ୍ତି ବୋଲି ଡ. ଜ୍ଞାନେନ୍ଦ୍ର ଦୃଢ଼ତାର ସହ କହିଛଁ । ଆଜିର ଏହି ସାମ୍ବାଦିକ ସମ୍ମିଳନୀରେ ପିସିସି ମୁଖପାତ୍ର ଜଗଦାନନ୍ଦ ପ୍ରଧାନ ଓ ନଳିନୀକାନ୍ତ ନାୟକ ଉପସ୍ଥିତ ଥିଲେ ।




Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray